୨୬ ବର୍ଷରେ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK पर्यवेक्षक

Vol.27 . No.04 Bhubaneswar Monday February 05 2024 | ୨୬ତମ ବର୍ଷ ସଂଖ୍ୟା–୦୪ ଭୁବନେଶ୍ୱର, ସୋମବାର, ଫେବୃଆରୀ ୦୫, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹1.50 | (Air Surcharge - 0.50P) | Member-INS

ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ
ଓଡ଼ିଶା ସରକାର

ପ୍ରଥମ ବିଶ୍ୱ ଓଡ଼ିଆ ଭାଷା ସମ୍ମିଳନୀ
ଭାଷା ହିଁ ଭବିଷ୍ୟତ
୨୦୨୪

## ପ୍ରଥମ ବିଶ୍ୱ ଓଡ଼ିଆ ଭାଷା ସମ୍ମିଳନୀ ୨୦୨୪

୩ରୁ ୫ ଫେବୃଆରୀ | ଜନତା ମଇଦାନ, ଭୁବନେଶ୍ୱର

## ପ୍ରଥମ ବିଶ୍ୱ ଓଡ଼ିଆ ଭାଷା ସମ୍ମିଳନୀର ତୃତୀୟ ଦିବସରେ




ଗୌରବମୟ ଅତୀତର ସ୍ମୃତିଚାରଣ ଏବଂ ଭବିଷ୍ୟତ ଆକାଂକ୍ଷାର ପରିକଳ୍ପନା

୨୦୩୬ରେ ଓଡ଼ିଶା : ନବଦିଗନ୍ତର ସମ୍ଭାବନା
ଶ୍ରୀ ସୁବ୍ରତ ବାଗଚୀ ଏବଂ ୫-ଟି ଓ ନବୀନ ଓଡ଼ିଶା ଅଧକ୍ଷ ଶ୍ରୀ ଭି. କେ. ପାଣ୍ଡିଆନ୍‌ଙ୍କ ମଧ୍ୟରେ ଆଲୋଚନା

ଆନ୍ତର୍ଜାତିକ ଖ୍ୟାତିସମ୍ପନ୍ନ ଫ୍ୟାସନ ଡିଜାଇନର ବିଭୁ ମହାପାତ୍ରଙ୍କ ସହ ବିଶେଷ ଚର୍ଚ୍ଚା

ଆଲୋଚନା: ପଦ୍ମଶ୍ରୀ ହରମାନ କୁଲକେ ଏବଂ ପ୍ରଫେସର ଆନ୍ନେଟେ ସ୍କିମଡଚେନ୍

ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀ ନବୀନ ପଟ୍ଟନାୟକଙ୍କ ଦ୍ୱାରା ସମ୍ବର୍ଦ୍ଧନା ଓ ପୁରସ୍କାର ପ୍ରଦାନ

ପ୍ରଦର୍ଶନୀ ପଡ଼ିଆକୁ ସର୍ବସାଧାରଣ ପ୍ରବେଶାନୁମତି

ସ୍ଥାନ: ଜନତା ମଇଦାନ, ଭୁବନେଶ୍ୱର















www.worldodiaconference.org
wolc_2024 wolc2024 wolc2024

ଭାଷା ଅତୀତର ଅସ୍ତିତ୍ୱ
ଭାଷା ହିଁ ଭବିଷ୍ୟତ

ଆୟୋଜକ: ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ

DADLS-620
15001/13/0332/2324








## ଟି ଟାଇମ୍

## ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ

ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାର୍ବୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ୍ୟ ୭ରୁ ୮ ଘଣ୍ଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ । ଯେବେ ବି ଥକ୍କାପଣ ଅନୁଭବ ହୁଏ ତେବେ ୧୫ କିମ୍ବା ୨୦ମିନିଟ୍ର ବିଶ୍ରାମ ଯେମିତି ହେଲେ ନେବେ । ନୀଦ ପୂରା ନହେଲେ ଶରୀରର ଓଜନ ମଧ୍ୟ ବଢ଼ିଥାଏ ଓ ଥକ୍କାପଣ ଜଲଦି ଆସିଯାଇଥାଏ ।

## କାଳୀ ଚରଣ ପଟ୍ଟନାୟକ

ଓଡିଆ ନାଟ୍ୟକାର ଓ କବି ଥିଲେ। ସେ ୧୮୯୭ ଡିସେମ୍ବର ୩ ତାରିଖ, ବକୁଳ ଅମାବାସ୍ୟା ଦିନ ବାଙ୍କୀ ସହର ଉପକଣ୍ଠରେ ଥିବା ଖମାରଙ୍ଗା ଗ୍ରାମରେ ପିତା ଦୁର୍ଗାଚରଣ ପଟ୍ଟନାୟକ ଓ ମାତା ରାଧାମାଳୀ ଦେବୀଙ୍କଠାରୁ ଜନ୍ମ ଗ୍ରହଣ କରିଥିଲେ। ସେ ପିତାମାତାଙ୍କର ଦ୍ୱିତୀୟ ସନ୍ତାନ ଥିଲେ। କାଳୀଚରଣଙ୍କ ପିତା ବଡମ୍ବାଗଡର ଦେବାନ ଥିଲେ। କାଳୀଚରଣ ପାରମ୍ପରିକ ଲୀଳା ନାଟକ ପ୍ରଦର୍ଶନ କରି ନିଜର ନାଟ୍ୟକାର ଜୀବନ ଆରମ୍ଭ କରିଥିଲେ ୪ର୍ଥ ଦଶକ ଦେବଳକୁ ସେ ଆଧୁନିକ ମଞ୍ଚ ନାଟକ ଲେଖି ତାହାର ବିପଣନ କରିବା ଆରମ୍ଭ କରିଥିଲେ। ସେଥି ପାଇଁ ୧୯୨୯ ମସିହାରେ "ସାକ୍ଷୀଗୋପାଳନାଟକ ସଂଘ" ଓ ୧୯୩୯ରେ "ଓଡିଶା ଥିଏଟର୍ସ" ନାମରେ ଏକ ରଙ୍ଗମଂଚ ଗଠନ କରି ଓଡିଶା ନାଟକାଭିନୟ ଜଗତର ପ୍ରସାର ଓ ଉନ୍ନତି କରିଥିଲେ। ତାଙ୍କର ଜନପ୍ରିୟ ନଟକ ଗାର୍ଲି ସ୍କୁଲ (୧୯୩୯) ଓଡିଆ ମଞ୍ଚାଭିନୟରେ ନୂତନ ଯୁଗର ଆରମ୍ଭ କରିଥିଲେ। ତାଙ୍କୁ ଆଧୁନିକ ଓଡଆ ନାଟ୍ୟଶାସ୍ତ୍ରର 'ଭରତ ମୁନି' ବୋଲି ମଧ୍ୟ କୁହାଯାଏ। ତାଙ୍କ ପ୍ରଚେଷ୍ଟାରୁ ୧୯୫୮ ମସିହାରେ ଓଡିଶୀ ନୃତ୍ୟ ଶାସ୍ତ୍ରୀୟ ମର୍ଯ୍ୟାଦା ପାଇଥିଲେ। ସେଥି ପାଇଁ ସମସ୍ତ ଓଡିଶୀ ନାଟ୍ୟଗୁରୁ ଓ ନୃତ୍ୟଶିଳ୍ପୀମାନେ ତାଙ୍କୁ ମନେ ରଖିଛନ୍ତି। କାଳୀଚରଣ ତାଙ୍କର ପ୍ରାଥମିକ ଶିକ୍ଷା ଚର୍ଚ୍ଚିକା ପ୍ରାଥମିକ ବିଦ୍ୟାଳୟରେ ସମ୍ପନ୍ନ କରି ଖୋର୍ଦ୍ଧା ଉଚ୍ଚବିଦ୍ୟାଳୟରେ ମାଟ୍ରିକ ପଢ଼ିଥିଲେ। କଟକର ରେଭେନ୍ସା କଲେଜରୁ ସେ ଉଚ୍ଚତର ଶିକ୍ଷା ଗ୍ରହଣ କରିଥିଲେ। ଖୋର୍ଦ୍ଧା ସ୍କୁଲରେ ପଢୁଥିବା ସମୟରେ ସଙ୍ଗୀତ ନାଟକ ପ୍ରତି ଆସକ୍ତ କଳୀଚରଣ ପ୍ରଥମ ସଙ୍ଗୀତଜ୍ଞ ବାସୁଦେବ ମହାପାତ୍ର ଓ ପରେ ଓସ୍ତାଦ୍ ଖାନୁ ଖାଁ, ବନଓ୍ୱାରୀ ମିଶ୍ରଙ୍କ ଭଳି ବିଶାରଦଙ୍କଠାରୁ ଶାସ୍ତ୍ରୀୟ ସଂଗୀତ ଶିକ୍ଷା କରିଥିଲେ। ବାଙ୍କୀର ମହାପର୍ବତ ଦେଖି ମହାପର୍ବତ ନାମକ ଖଣ୍ଡକାବ୍ୟ ଓ କଳଙ୍କ ଭଂଜନମାଳା ନାଟକ ରଚନା କରିବା ପରେ ଶିକ୍ଷକ ପଣ୍ଡିତ କୃପାସିନ୍ଧୁ ହୋତାଙ୍କ ପ୍ରକୃତି ବର୍ଣ୍ଣନା ପାଇଁ ଉପଦେଶ ତାଙ୍କର ରଚନାତ୍ମକ ଦୃଷ୍ଟିଭଙ୍ଗୀରେ ଏକ ଉଲ୍ଲେଖନୀୟ ପରିବର୍ତ୍ତନ ଆଣିଥିଲା। ଗୋବିନ୍ଦଚନ୍ଦ୍ର ଶୂଦଦେଓଙ୍କ ସମ୍ପର୍କରେ ଆସି ତାଙ୍କର ନାଟକ ସୁଲଭତା ବିକଶିତ ହୋଇଥିଲା। ୧୯୧୮ ମସିହାରେ ଆଇ.ଏ ପଢ଼ିବାବେଳେ ସେ ପ୍ରଥମ ନାଟକ ଧ୍ରୁବ ରଚନା କରିଥିଲେ ମଧ୍ୟ ତାଙ୍କର ପ୍ରଥମ ସାମାଜିକ ନାଟକ ଥିଲା ୧୯୩୪ ମସିହାରେ ରଚିତ ପ୍ରତିଶେଶଧ। ପ୍ରାୟ ୪୦ ଟି ପୂର୍ଣ୍ଣାଙ୍ଗ ନାଟକ ସହିତ ସେ ରଚନା କରିଯାଇଛନ୍ତି ବହୁ ନୃତ ନାଟିକା, କାବ୍ୟ ନାଟିକା, ଗଳ୍ପ, ଉପନ୍ୟାସ, କବିତା ଆଦି ଅନେକ ଅନବଦ୍ୟ କୃତି।

## ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

## ପୁରାଣ କାହାଣୀ

## ପଂଚବଟୀ ରେ ରାମଚନ୍ଦ୍ର

ଭାରତ ରାମଙ୍କୁ ବହୁତ ଅନୁନୟ ବିନୟ ପୂର୍ବକ ଫେରିଆସିବାକୁ ଏବଂ ରାଜ୍ୟ ଭାର ଗ୍ରହଣ କରିବାକୁ ଆକୁଳ ପ୍ରାର୍ଥନା କଲେ। ମାତ୍ର ରାମ ଭରତଙ୍କ ଅନୁରୋଧ ପ୍ରତ୍ୟାଖାନା କରିଥିଲେ। ରାମ, ସୀତା ଏବଂ ଲକ୍ଷ୍ମଣ ଏହି ବନବାସ ସମୟରେ ଗୋଦାବରୀ ନାଦୀ ତଟରେ ଗମନ କରି ପଞ୍ଚବଟୀ ଠାରେ ଏକ କୁଟୁର ନିର୍ମାଣ କରି ଅବସ୍ଥାନ କଲେ। ସେହି ସମୟରେ ଋଷିମୁନିମାନଙ୍କର ଅନୁରୋଧ କ୍ରମେ ସେମାନେ ଅନେକ ରାକ୍ଷ କୁ ବଧ କରିଥିଲେ। ବିରାଧ ରାକ୍ଷସ ଏମାନଙ୍କ ମଧ୍ୟରେ ପ୍ରଥମ ଥିଲା।



## ପତ୍ନୀ ଛାଡ଼ି ପଳାଇଲେ ଉପହାରରେ ମିଳୁଛି ଅବିବାହିତ ଝିଅ

ବେଜିଂ ଯଦି କୌଣସି ବ୍ୟକ୍ତିଙ୍କ ପତ୍ନୀ ତାଙ୍କୁ ଛାଡି ଅନ୍ୟ କାହା ସହ ଫେରାର ହୋଇଥାନ୍ତି ତେବେ ଏନେଇ ସ୍ୱାମୀଙ୍କୁ ଚିନ୍ତା କରିବାର ଆଉ ଆବଶ୍ୟକତା ନାହିଁ। କାରଣ ଏଭଳି ସ୍ୱାମୀଙ୍କୁ ଉପହାରରେ ଦିଆଯାଉଛି ଅବିବାହିତ ଝିଅ। ତା' ପୁଣି ପତ୍ନୀ ଛାଡି ପଳାଇବାର ୧ବର୍ଷ ଭିତରେ। ଚୀନର ଏକ ମ୍ୟାରେଜ ବ୍ୟୁରୋ ସଂସ୍ଥା ନିଜ ବିଜ୍ଞାପନରେ ଏହି ଅଫର ଦେଇଛି। ସୋସିଆଲ ମିଡିଆରେ ପ୍ରକାଶିତ ଖବର ଅନୁସାରେ ଚୀନର ଏକ ମ୍ୟାରେଜ



ବ୍ୟୁରୋ ସଂସ୍ଥା ନିଜ ବିଜ୍ଞାପନରେ ଉଲ୍ଲେଖ କରିଛି ଯେ ଯଦି କୌଣସି ଚୀନର ବ୍ୟକ୍ତି ଭିଏତନାମର ମହିଳାଙ୍କୁ ବିବାହ କରିଛନ୍ତି ଏବଂ ଏହି ମହିଳା ତାଙ୍କୁ ଛାଡି ଅନ୍ୟତ୍ର ଘର ବସାଉଛନ୍ତି ତେବେ ଏହାର ପ୍ରତିବଦଳରେ ଉକ୍ତ ବ୍ୟକ୍ତିଙ୍କୁ ଭିଏତ୍ନାମର ଜଣେ ଅବିବାହିତା କନ୍ୟାଙ୍କୁ ମାଗଣାରେ ବିବାହ କରିବାର ସୁବିଧା ପ୍ରଦାନ କରାଯିବ। ୧ବର୍ଷ ଭିତରେ ଏହି ସୁବିଧା ପ୍ରଦାନ କରାଯିବ ବୋଲି ସଂସ୍ଥା ପକ୍ଷରୁ କୁହାଯାଇଛି।

## ସଉକ ପୂରା କରିବା ପାଇଁ ବିକିଦେଲେ ସମସ୍ତ ସମ୍ପତି

ଟେକ୍ସାସ୍ ସାଧାରଣତଃ ନିଜ ଘର ଓ ପରିବାରର ଆବଶ୍ୟକତା ପାଇଁ ଲୋକେ ଅର୍ଥ ସଂଚୟ କରିଥାନ୍ତି। ହେଲେ ଟେକସାସ୍ରେ ରହୁଥିବା ଜଣେ ଦମ୍ପତ୍ତି ନିଜର ଭ୍ରମଣ ସଉକ ପୂରା କରିବା ପାଇଁ ନିଜ ଘର ସହ ସମସ୍ତ ସମ୍ପତ୍ତିକୁ ବିକ୍ରି କରିଦେଇଛନ୍ତି। ଏହି ଦମ୍ପତ୍ତିଙ୍କର ମଧ୍ୟ ୫ଟି ସନ୍ତାନ ଅଛି। ଏହି ସ୍ୱାମୀ ସ୍ତ୍ରୀ ଜଣଙ୍କ ହେଉଛନ୍ତି ଷ୍ଟିଫେନ୍ ଏବଂ ଜୋର୍ଡାନ୍। ବର୍ତ୍ତମାନ ସେମାନେ ତୁର୍କୀ ଓ ଅଷ୍ଟ୍ରେଲିଆ ଟୁର୍



କରି ଫେରିଥିଲା ବେଳେ ଖୁବ୍ ଶୀଘ୍ର ଆଣ୍ଟାର୍କଟିକା, ନ୍ୟୁଜଲାଣ୍ଡ ଗସ୍ତରେ ଯିବାର ଯୋଜନାରେ ଅଛନ୍ତି। ପେଶାରେ ୱେବ ଡିଜାଇନର ଥିବା ଷ୍ଟିଫେନ୍ କୁହନ୍ତି ଯେ ମୋ ସ୍ୱାମୀ ଜୋଡାନ୍ଙ୍କର ଭ୍ରମଣ କରିବାର ବଡ଼ ସଉକ ରହିଛି। ସେ ମୋ ସହ ପିଲାମାନଙ୍କୁ ନେଇ ବିଭିନ୍ନ ଦେଶ ଭ୍ରମଣ କରୁଛନ୍ତି। ଏଥିପାଇଁ ଆମେ ଆମର ଘର ଓ ସମସ୍ତ ସମ୍ପତ୍ତି ବିକ୍ରି କରିଦେଇଛୁ। ତେବେ ଭ୍ରମଣ ପରେ ପୁଣି ଥରେ ନୂଆ ଘର ବସାଇବା ଯଦିଓ କଷ୍ଟକର ତଥାପି ଭ୍ରମଣ ସାରିବା ପରେ ହିଁ ଆମେ ଏ ସମ୍ପର୍କରେ ନିଷ୍ପତ୍ତି ନେଉ। ବିଶ୍ୱ ଭ୍ରମଣ ଦ୍ୱାରା ନୂଆ ଭାଷା, ନୂଆ ସଂସ୍କୃତି ସହ ଆମେ ଅବଗତ ହୋଇପାରୁଛୁ।

## ମହିଳା ଚପଲ ଉଠାଇବାରୁ ପଳାଇଲା କୁମ୍ଭୀର

ସିଡନୀ କୁମ୍ଭୀରଟିଏ ଦେଖିଲେ ଯେକୌଣସି ବ୍ୟକ୍ତିର ମନରେ ଭୟ ସୃଷ୍ଟି ହେବା ସ୍ୱାଭାବିକ। ହେଲେ ଅଷ୍ଟ୍ରେଲିଆର କକାଡୁ ନ୍ୟାସନାଲ ପାର୍କରେ ଏକ ଭିନ୍ନ ଘଟଣା ଦେଖିବାକୁ ମିଳିଛି। ଯେତେବେଳେ ଜଣେ ମହିଳା ଆକ୍ରମଣାତ୍ମକ ଆଭିମୁଖ୍ୟ ରଖିଥିବା ଏକ କୁମ୍ଭୀରକୁ ଚପଲ ଦେଖାଇଲେ ସେତେବେଳେ କୁମ୍ଭୀରଟି ହ୍ରଦ ଭିତରକୁ ପଳାଇଥିଲା। ମହିଳା ଜଣଙ୍କ ପାର୍କରେ ନିଜ କୁକୁର ସହ ବୁଲୁଥିଲା ବେଳେ ପାଖରେ ଥିବା



ଏକ ଦ୍ରଦରୁ କିଛି କୁମ୍ଭୀର ତାଙ୍କୁ ଦେଖିବା ସହ ଆକ୍ରମଣ କରିବାର ପରିସ୍ଥିତିକୁ ଆସିଥିଲେ। ଏହାଦେଖି ମହିଳା ଜଣଙ୍କ ବିନା ଡରରେ ଚପଲ ଉଠାଇ ମାରିବାକୁ ଗୋଡାଇଥିଲେ କୁମ୍ଭୀରମାନଙ୍କୁ। ଆଉ କୁମ୍ଭୀରମାନେ ପଳାଇଥିଲେ ହ୍ରଦ ଭିତରକୁ। ଏହି ଘଟଣାଟି ପାର୍କରେ ଲାଗିଥିବା ସିସି ଟିଭି କ୍ୟାମେରାରେ କଏଦ ହୋଇଯାଇଥିଲା। ବର୍ତ୍ତମାନ ଏହି ଭିଡିଓ ସୋସିଆଲ ମିଡିଆରେ ବଡ଼ ଭାଇରାଲ ହୋଇଛି।

## ଚା'ପତି ବଦଳରେ କୀଟନାଶକ, ୨ମୃତ



ଭଭୁଆ ବିହାରର କେମୁ ଜିଲା କୁଢନି ଥାନାରେ ବିଷାକ୍ତ ଚା' ପିଇ ଦୁଇ ମହିଳାଙ୍କ ମୃତ୍ୟୁ ସହ ୬ଜଣ ଗୁରୁତର ଅବସ୍ଥାରେ ଡାକ୍ତରଖାନାରେ ଚିକିତ୍ସିତ ହେବା ଘଟଣାରେ ପ୍ରକୃତ ତଥ୍ୟ ପଦାକୁ ଆସିଛି। ଚା' ତିଆରି ସମୟରେ ଭୁଲ ବଶତଃ ଚା' ପତି ବଦଳରେ ପକାଯାଇଥିଲା କୀଟନାଶକ। ପୁଲିସର କହିବା ଅନୁସାରେ ସୋତବା ଗ୍ରାମର ଦଶବନ୍ତି ଦେବୀଙ୍କ ଘରକୁ ସୋମବାର କିଛି ଅତିଥି ଆସିଥିଲେ। ରାତ୍ର ଭୋଜନ ସରିବା ପରେ ସମସ୍ତଙ୍କ ପାଇଁ ଚା' ତିଆରି ହୋଇଥିଲା। ହେଲେ ରୋଷେଇ ଘରେ ଥିବା କୀଟନାଶକକୁ ଚା' ପତି ଭାବି ଜଣେ ମହିଳା ପକାଇ ଦେଇଥିଲେ। ଆଉ ଏହା ପିଇବା ପରେ ବିଳମ୍ବିତ ରାତିରେ ଦଶବନ୍ତି ଓ ତାଙ୍କ ଝିଅ ସୀତା କୁଅଁରଙ୍କ ମୃତ୍ୟୁ ହୋଇଥିଲା।

## ଆଜିର ଭାଗ୍ୟ

**ମେଷ** ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ୍ୟ ଲାଭରୁ ଖୁସି ହେବେ।

**କର୍କଟ** ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ଦାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।

## କୃତ୍ରିମ ଜଳପ୍ରପାତ



ଚାଇନା ଅନ୍ତର୍ଗତ ୟୁନାନ ପ୍ରଦେଶର କୁନମିଂରେ ପର୍ଯ୍ୟଟକଙ୍କ ମନୋରଞ୍ଜନ ପାଇଁ ଏକ କୃତ୍ରିମ ଜଳ ପ୍ରପାତ ସୃଷ୍ଟି କରାଯାଇଛି । ଏହାର ଉଚ୍ଚତା ସାଢ଼େ ୧୨ ମିଟର । ଚଉଡା ଚାରି ଶହ ମିଟର । ନିଉଲାନ୍ ନଦୀରେ ପ୍ରବାହିତ ଜଳକୁ ୟୁନାନର ବୃହତ୍ତମ ମଧୁର ଜଳ ହ୍ରଦ ଡିଆନସି ମଧ୍ୟରେ ପ୍ରବେଶ କରାଇ ଏହି ପ୍ରପାତ ସୃଷ୍ଟି କରାଯାଇଛି । ଏହାଦ୍ୱାରା ବନ୍ୟା ବିପ୍ତାତରୁ ରକ୍ଷା ମିଳିବା ସହ ସହରର ପାନୀୟ ଜଳ ଯୋଗାଣ ବ୍ୟବସ୍ଥାରେ ଉନ୍ନତି ଆସି ପାରିବ । କୃତ୍ରିମ ଜଳ ପ୍ରପାତ ଚାରିପଟେ ଉଦ୍ୟାନ ରହିଛି । ଦୁଇ ବର୍ଷ ତଳେ ଉଭୟ ପ୍ରପାତ ଓ ଉଦ୍ୟାନ ବିକଶିତ କରାଯାଇଛି । ଉକ୍ତ ପ୍ରକଳ୍ପରେ ସତର କୋଟି ମାର୍କିନ୍ ଡଲାର ବ୍ୟୟ ହୋଇଥିବା ପ୍ରକାଶ ।




# ତୁ' ମୋତେ ନ ଖା', ମୁଁ ତୋତେ ନଖାଏ

**ଆ**ମେ ଯେତେ ନିଶା ଖାଉ, ତା ମଧ୍ୟରେ ଧୂମପାନ ଅନ୍ୟତମ। ଧୂମପାନ ତମାଖୁ ସେବନର ଅନ୍ତର୍ଗତ। ସିଗାରେଟ୍, ବିଡ଼ି ଏବଂ ପିକା ଇତ୍ୟାଦି ସମାଜର ଅଶେଷ କ୍ଷତି କରୁଥିଲେ ହେଁ; ଏହାକୁ ନିଷେଧ କରିବାରେ ସେମିତି କିଛି ଆଖିଦୃଶିଆ କଡ଼ା ଆଇନ୍ ନାହିଁ। ତମାଖୁ ସେବନ ଏବଂ ଧୂମପାନ କାରଣରୁ ଅଧୁନା ପୃଥିବୀରେ ପ୍ରତି ଦଶ ସେକେଣ୍ଡରେ ଜଣେ ମରୁଛନ୍ତି। ଆଶା କରାଯାଏ ଯେ, ଏହାର ବହୁଳ ବ୍ୟବହାର ଉପରେ ଲଗାମ ନଲଗାଇଲେ ଅଥବା ଏହାକୁ ସଂପୂର୍ଣ୍ଣ ବାରଣ ନକଲେ, ପ୍ରତି ସେକେଣ୍ଡରେ ଜଣେ ଲେଖାଏଁ ମରିବା ସୁନିଶ୍ଚିତ। ଆମ ଭାରତରେ ତମାଖୁ ସେବନଜନିତ ସଂଖ୍ୟା ଏବେ ୧୨କୋଟିରୁ ଉର୍ଦ୍ଧ୍ୱ ଏବଂ ଏଥିରେ ପ୍ରତିବର୍ଷ ମରନ୍ତି ପ୍ରାୟ ନଅକୋଟି। ଏକ ସ୍ୱାସ୍ଥ୍ୟ ସୂଚନାରୁ ଜଣାପଡ଼ିଛି ଯେ, ଭାରତର ୬୦ଲକ୍ଷ ହୃଦ୍‌ରୋଗୀଙ୍କ ମଧ୍ୟରୁ ୩୦ଲକ୍ଷ ହୃଦ୍‌ରୋଗୀ ହେଉଛନ୍ତି ତମାଖୁ ବା ଧୂମପାନ ସେବନଜନିତ ରୋଗୀ। ଭାରତରେ ଥିବା କର୍କଟ ରୋଗୀଙ୍କ ମଧ୍ୟରେ ୯୦% ତମାଖୁ ସେବନଜନିତ କର୍କଟ ରୋଗୀ, ମୁଖଗହ୍ୱର କର୍କଟ ରୋଗର ମୁଖ୍ୟ କାରଣ। ଯଦି ସତର୍କତା ଅବଲମ୍ବନ କରାନଯାଏ ତେବେ ନିକଟ ଭବିଷ୍ୟତରେ ଏହା ଆଶାତୀତ ଭାବେ ବୃଦ୍ଧି ପାଇବ। ତମାଖୁରେ ୭୦୦୦ ପ୍ରକାର ରାସାୟନିକ ପଦାର୍ଥ ଅଛି ଯାହା ମଧ୍ୟରୁ ଅଧିକାଂଶ ଉପାଦଳନା ପ୍ରବେଶ କରି ବିଭିନ୍ନ ରୋଗର କାରଣ ହୋଇଥାଏ। ଏହା ଶରୀରକୁ ପ୍ରତ୍ୟକ୍ଷ ବା ପରୋକ୍ଷଭାବେ ପ୍ରଭାବିତ କରିବା ସହ କର୍କଟ, ହୃତ୍‌ପିଣ୍ଡ ସଂକ୍ରାନ୍ତୀୟରୋଗ, ଫୁସ୍‌ଫୁସ୍ ଜନିତ ରୋଗ ଏବଂ ହୃଦ୍‌ଘାତରେ କାରଣ ହୋଇଥାଏ । ଶୁଣି ଆଶ୍ଚର୍ଯ୍ୟ ହେବେ ଯେ, ବିଶ୍ୱର ସର୍ବାଧିକ ମୁଖ କର୍କଟ ରୋଗୀ ଭାରତରେ ହିଁ ଅଛନ୍ତି । ଏହାର ମୁଖ୍ୟ କାରଣ ସେହି ଧୂମପାନ ଏବଂ ତମାଖୁ ସେବନ। ଏବେ କଅଁଳ ବୟସର ପିଲାମାନେ ବିଶେଷକରି ୧୩-୧୫ ବର୍ଷର ପିଲାଏ ସର୍ବାଧିକ ଧୂମପାନ କରୁଛନ୍ତି। ଏହା ଏମିତି ଏକ ନିଶା, ଯାହା ଥରେ ମାତ୍ର ଅଭ୍ୟାସରତ ହୋଇଗଲେ, ସାରା ଜୀବନ ଛାଡ଼ି ହୁଏନାହିଁ ଏବଂ ତାହା ତୁମକୁ ଗୋଡ଼ାଇ ଗୋଡ଼ାଇ ଖାଏ।

ଗବେଷଣାରୁ ଜଣାପଡ଼ିଛି ଯେ, ପ୍ରତିଟି ସିଗାରେଟ୍ ସେବନ ଦ୍ୱାରା ମଣିଷର ଆୟୁ ୫ମିନିଟ୍ କମିଥାଏ । ଖଣ୍ଡିଏ ହୁକା ଟାଣିଲେ ୧୧ମିନିଟ୍ ଆୟୁ କମେ ଯାହାକି ୨୦ଟି ବିଡ଼ି ଟଣା ସହିତ ସମାନ। ଏହା ଅର୍ଥ ନୁହେଁ ବିଡ଼ିରେ କମ୍ ନିକୋଟିନ୍ ଅଛି ବୋଲି ତାକୁ ଖାଇବା। ଆମେ ମନେରଖିବା ଉଚିତ୍ ଯେ ପ୍ରାଣଘାତୀ ଆକ୍ରମଣ ପାଇଁ ଟୋପାଏ ବିଷପାନ ଯେପରି, ସେମିତି ବିଡ଼ି ଓ ସିଗାରେଟ୍ ଖାଉଥିବା ଲୋକଙ୍କ କଥା। ବିଡ଼ି ବା ସିଗାରେଟ୍ ଅଭ୍ୟାସ କରୁଥିବା ଲୋକଙ୍କର ଆୟୁଷର ୬ରୁ ୧୦ ବର୍ଷ ପୂର୍ବରୁ ମୃତ୍ୟୁବରଣ ହୋଇଥାଏ।

ଏବେ ତ ଉଭୟ ପୁରୁଷ ଏବଂ ମହିଳାମାନେ ତମାଖୁ ସହିତ ଧୂମପାନ କରୁଛନ୍ତି। ଆମ ଭାରତରେ ଏହିପରି ପୁରୁଷ ସେବନକାରୀ ସଂଖ୍ୟା ୫୬.୪% ଏବଂ ନାରୀମାନଙ୍କ ସଂଖ୍ୟା ୪୪.୬%। ଆମ ଦେଶରେ ଏକ ତୃତୀୟାଂଶ ଜନସଂଖ୍ୟା ଏଥିରେ ଅଭ୍ୟସ୍ତ।

ବିଶ୍ୱ ତମାଖୁ ସର୍ବେକ୍ଷଣ ୨୦୧୦ ଅନୁସାରେ ଯୁବକମାନଙ୍କର ୫୨% ଘରେ, କର୍ମକ୍ଷେତ୍ରରେ ୩୦% ଏବଂ ଜନତା ପରିବହନରେ ୧୭.୫% ତମାଖୁ ସେବନ ପ୍ରତି ଉନ୍ମୁକ୍ତ ଅଟନ୍ତି। ଉଲ୍ଲେଖଯୋଗ୍ୟ ଯେ ଯେଉଁମାନେ ଏହାକୁ ସେବନ କରନ୍ତି, ସେମାନେ ତ ଏହାର ଶିକାର ହୁଅନ୍ତି, ତାଙ୍କ ସହିତ ବା ତାଙ୍କ ସଂସ୍ପର୍ଶରେ ଆସୁଥିବା ବ୍ୟକ୍ତି, ଗର୍ଭବତୀ ମହିଳା ଓ ଶିଶୁ ଯେଉଁମାନେ ଅଣଧୂମପାନକାରୀ, ସେମାନେ ଘରେ ବା' କର୍ମକ୍ଷେତ୍ରରେ ଯେଉଁଠି ଥାଆନ୍ତି, ୨୫.୩୦% ହୃଦରୋଗ ଏବଂ ୨୦-୩୦% ଫୁସ୍‌ଫୁସ୍‌ଜନିତ ରୋଗରେ ଆକ୍ରାନ୍ତ ହୁଅନ୍ତି। ଅନ୍ତଃରାଷ୍ଟ୍ରୀୟ ଗବେଷଣାରୁ (ଏସ୍.ଏଚ୍.ଏସ୍) ଏହା ମଣିଷ ପାଇଁ ପଦାଙ୍କିତ କାରଣ ହୋଇଛି। ଏସ୍.ଏଚ୍.ଏସ୍‌ରେ ୭୦୦୦ ବିଷାକ୍ତ ରାସାୟନିକ ମଧ୍ୟରୁ ୬୯ ଗୋଟି କର୍କଟ ରୋଗର କାରଣ। ନିକଟରେ ଏକ ସର୍ବେକ୍ଷଣରୁ ଜଣାଯାଇଛି ଯେ, ତମାଖୁ ସେବନ କାରଣରୁ ଆମେରିକାରେ ପ୍ରତିବର୍ଷ ପ୍ରାୟ ପାଞ୍ଚଲକ୍ଷ ଲୋକ କ୍ୟାନ୍‌ସରର ଶିକାର ହୋଇଥାଆନ୍ତି । ଆମେରିକାର ରୋଗ ନିୟନ୍ତ୍ରଣ ଓ ମୁକାବିଲା କେନ୍ଦ୍ର (ସିଡ଼ିସି)ର ତଥ୍ୟାନୁଯାୟୀ କ୍ୟାନ୍‌ସର ଅର୍ଦ୍ଧାଧିକ ମାମଲା ଫୁସ୍‌ଫୁସ୍ ଓ ଶ୍ୱାସନଳୀ ସମ୍ବନ୍ଧିତ। ଏତଦ୍‌ଭିନ୍ନ ମୁହଁ, ପେଟ ଓ କିଡ଼୍‌ନୀ କ୍ୟାନସର ହେବାର ସମ୍ଭାବନା ମଧ୍ୟ ତମାଖୁ ସେବନରୁ ବୋଲି ସତର୍କ କରାଯାଇଛି। ଦେଶର ଆର୍ଥିକ କ୍ଷେତ୍ରରେ ଏହାର ପ୍ରଭାବ ମଧ୍ୟ ବେଶ୍ କ୍ଷତିକାରକ; ପାଖାପାଖି ୧୬୭ ଶହ କୋଟି ଡଲାର।

ଏସ୍.ଏଚ୍.ଏସ୍ ପ୍ରତି ଉନ୍ମୁକ୍ତ ପିଲାମାନେ ହଠାତ୍ ପ୍ରାଥମିକ ଲକ୍ଷଣ ସହ (ଏସ୍.ଆଇ.ଡ଼ି.ଏସ୍) ତୀବ୍ର ଶ୍ୱାସ, କର୍ଣ୍ଣ ସମସ୍ୟା, ଶ୍ୱାସନଳୀ ପ୍ରଦାହ ଏବଂ ଅତିଶୟ ଆଜମା ନିମନ୍ତେ ବର୍ଦ୍ଧିତ ବିପଦରେ ଥାଆନ୍ତି। ଏସ୍.ଏଚ୍.ଏସ୍ ପ୍ରତି ଯୁବକମାନଙ୍କର ଉନ୍ମୁକ୍ତ, ହୃତପିଣ୍ଡ ଓ ଧମନୀ ରୋଗ, କୋରୋନାରୀ ହୃଦୟ ରୋଗ ଏବଂ ବାୟୁ କୋଷ ଫୁସ୍ ଫୁସ୍ କର୍କଟର କାରଣ ହୋଇଥାଏ।

୨ ଅକ୍ଟୋବର ୨୦୦୮ରେ ଭାରତ ସରକାର ସର୍ବସାଧାରଣ ସ୍ଥାନରେ "ଧୂମପାନ ନିଷେଧ" ଉପରେ ସଂଶୋଧିତ ଆଇନ ଲାଗୁ କରିଛନ୍ତି। ଏହା ଏକ ଦଣ୍ଡନୀୟ ଅପରାଧ ବୋଲି ଘୋଷଣା କରିଛନ୍ତି। ସର୍ବସାଧାରଣ ସ୍ଥାନରେ ଧୂମପାନ କରୁଥିବା ବ୍ୟକ୍ତିଙ୍କୁ ୨୦୦ଟଙ୍କା ଜୋରିମାନା ଦେବାର ନିୟମ ଥିଲା। ଏହାକୁ ଧରାଇଦେବାରେ ସ୍ୱାସ୍ଥ୍ୟ ଓ ଗୃହ ବିଭାଗ ତରଫରୁ କର୍ମଚାରୀମାନଙ୍କୁ ନେଇ ସ୍ୱେଚ୍ଛାସେବୀ ସଂଗଠନ ମାଧ୍ୟମରେ ବ୍ୟବସ୍ଥା ଅଛି। ସରକାରୀ କର୍ମଚାରୀ ତାଙ୍କ କାର୍ଯ୍ୟାଳୟରେ ଧୂମପାନ କଲେ ୫୦୦ଟଙ୍କା ଏବଂ ଦୁଇଜଣ ମିଶି ଧୂମପାନ କଲେ ୧୦ ହଜାର ଟଙ୍କାର ଜୋରିମାନା କଥା ବି ଅଛି।

ଏସବୁ ସତ୍ତ୍ୱେ ଧୂମପାନକାରୀଙ୍କ ସଂଖ୍ୟା ବଢ଼ି ରହିଛି। ଆଇନ୍ ତା' ପୋଥି ଭିତରେ ନୀରବ। କର୍ମୀଙ୍କ କଥା ଛାଡ଼ି ମଦ କୁହେ; ତୁମେମାନେ ମୋତେ ଖାଉନ, ମୁଁ ତୁମକୁ ଖାଉଛି। ଏବେ ଧୂମପାନ କଥା ସେୟା, ଆମେ କ'ଣ କହିବା ଯେ ଧୂମପାନ ଆମକୁ ଖାଉ!

ଧୂମପାନ ନିଷେଧ ପାଇଁ ଆମ ଜାତୀୟ ସରକାର ନାନାବିଧ ପଦକ୍ଷେପ ନେଇଛନ୍ତି। ସିଗାରେଟ୍ ଟାଣିବା ଓ ତମାଖୁ ଚୋବାଇବାକୁ କଡ଼ା କଟକଣା ଜାରିକରିବାରେ ସ୍ୱାସ୍ଥ୍ୟ ମନ୍ତ୍ରଣାଳୟ ତରଫରୁ ଏକ କମିଟି ଗଠନ କରାଯାଇଥିଲା। ଗତ ସେପ୍ଟେମ୍ବର ୨୦୧୪ରେ କମିଟି ତାଙ୍କ ସୁପାରିଶ ଦେଇଛନ୍ତି। ଏହା ଏକ ସ୍ୱର୍ଣ୍ଣକାତର ବିଷୟ ହେତୁ ଆଗାମୀ ଶୀତକାଳୀନ ଅଧିବେଶନରେ ସଂସଦରେ ପାରିତ ହୋଇ ନିୟମରେ ପରିଣତ ହେବାର ଅଛି। ଏହା ଯଦି ହୁଏ, ତେବେ ପୂର୍ବ ଆଇନର ସଂଶୋଧିତ ରୂପରେ ସର୍ବସାଧାରଣ ସ୍ଥାନରେ ଧୂମପାନ କଲେ ପୂର୍ବ ପ୍ରଚଳିତ ୨୦୦ ଟଙ୍କା ପରିବର୍ତ୍ତେ ଏହା ୨୦ ହଜାର ଟଙ୍କା ଜୋରିମାନା ହେବ। ସିଗାରେଟ୍‌ର ବ୍ୟବହାର ରୋକିବା ଏବଂ ହ୍ରାସ ପାଇଁ ଏଣିକି ପ୍ୟାକେଟ୍‌ରୁ ଖୋଲି କେହି ଖୁଚୁରା ବିକିପାରିବେ ନାହିଁ। କାରଣ ଖୋଲା ସିଗାରେଟ୍ ପାନ ବିଡ଼ି ଦୋକାନରେ ଅଧିକ ବିକ୍ରି ହୋଇଥାଏ। ତେବେ ପ୍ୟାକେଟ୍ ବିକ୍ରି ଉପରେ ବି ପ୍ରଶ୍ନବାଚୀ ଅଛି। ପ୍ୟାକେଟ୍‌ଟିଏ ପାଖରେ ଥିଲେ ଅଧିକ ପିଇବାକୁ ଇଚ୍ଛା ହୁଏ। ପୁନଶ୍ଚ କଂପାନୀମାନଙ୍କୁ ସତର୍କ କରାଇ କୁହାଯାଇଛି ଯେ ସେମାନେ ପ୍ୟାକେଟ୍ ଉପରେ ୮୦% ସ୍ଥାନରେ ବୈଧାନିକ ସତର୍କତାସ୍ୱରୂପ ଫଟୋ ସହିତ ଚେତାବନୀକୁ ଦୃଶ୍ୟମାନ ବଡ଼ ଆକାରରେ ସ୍ଥାନିତ କରିବେ। ପୂର୍ବରୁ ଏହାକୁ ଖିଲାପ କଲେ ୫୦୦୦ ଟଙ୍କା ଜୋରିମାନା ଦେବାକୁ ଥିଲା। ଏବେ ଏହାକୁ ୫୦ ହଜାର ଟଙ୍କାକୁ ବୃଦ୍ଧି କରାଯାଇଛି। ଖାଲି ସେତିକି ନୁହେଁ, ତମାଖୁ ସେବନ ନିମନ୍ତେ ସର୍ବନିମ୍ନ ବୟସ ୧୮ରୁ ୨୫କୁ ବୃଦ୍ଧି କରାଯାଇଛି। ଏହା କେବେଠାରୁ କାର୍ଯ୍ୟକାରୀ ହେବ, ତାହା କେବଳ ଦେଖିବାକୁ ବାକି ରହିଲା।

ପ୍ରତିବର୍ଷ ୧୧ ଅକ୍ଟୋବରକୁ ଧୂମପାନ ନିଷେଧ ଦିବସ ରୂପେ ପାଳନ କରିବାକୁ ଘୋଷଣା କରାଯାଇଛି। ଏହା ମାଧ୍ୟମରେ ଛାତ୍ରଛାତ୍ରୀ, ଶିକ୍ଷକ, ବୁଦ୍ଧିଜିବୀ ଏବଂ ସର୍ବସାଧାରଣଙ୍କ ମଧ୍ୟରେ ସଚେତନତା ସୃଷ୍ଟି କରାଇ ଧୂମପାନ ସେବନରୁ ନିବୃତ୍ତ କରାଇବାକୁ ପ୍ରବର୍ତ୍ତାଯାଇଛି।

ଧୂମପାନ କେବଳ ଆମ ରୋଗର ଏକ ମାରାତ୍ମକ କାରଣ ନୁହେଁ। ଏହା ଏକ ନିହାତି ଅସଭ୍ୟତା ଏବଂ ଅଭଦ୍ରତା। ଏ ନେଇ ଗାନ୍ଧି କହିଛନ୍ତି-*"ଯେତେବେଳୁ ମୁଁ ବଡ଼ ହୋଇଛି, ମୁଁ କେବେବି ଧୂମପାନ କରିବାକୁ ଇଚ୍ଛା କରିନାହିଁ ଏବଂ ସର୍ବଦା ଧୂମପାନ ଅଭ୍ୟାସକୁ ଅସଭ୍ୟ, ଘୃଣ୍ୟ ଓ କ୍ଷତିକାରକ ବୋଲି ବିବେଚନା କରିଛି। ମୁଁ କେବେବି ବୁଝିପାରିନାହିଁ ଯେ ସମଗ୍ର ବିଶ୍ୱରେ ଧୂମପାନ ପାଇଁ ଏତେ ଆବେଗ କାହିଁକି ? ଧୂମପାନ କରୁଥିବା ଲୋକମାନଙ୍କ ଦ୍ୱାରା ପୂର୍ଣ୍ଣ ହୋଇଥିବା ଏକ ରେଳଡ଼ବାରେ ବସିବାକୁ ମୁଁ ସହ୍ୟ କରିପାରିବି ନାହିଁ। -ସତ୍ୟ ସହିତ ମୋ ପରୀକ୍ଷା।"*

# କାଥୋଲିକ ଓ ପ୍ରୋଟେଷ୍ଟାଣ୍ଟ ବିବାଦ

**ଆ**ମ ଦେଶର ଜାତିଗତ ବିବାଦ ସଂପର୍କୀୟ ଘଟଣା ସବୁବେଳେ ଆମେ ବହୁଳ ଭାବରେ ଆଲୋଚନା କରି ସେ ସମୟର ନିର୍ଯାତନା ପାଇଁ ଏବେ ମଧ୍ୟ କିଛି ନିର୍ଦ୍ଦିଷ୍ଟ ଜାତି ବା ସଂପ୍ରଦାୟଙ୍କୁ ଦାୟୀ କରି ନିନ୍ଦା ଓ ଭତ୍ସନା ଜାରି ରଖିଛୁ । ପ୍ରତିଦିନ ମନୁଙ୍କ ସପ୍ତପୁରୁଷକୁ ଶ୍ରାଦ୍ଧ କରାଯାଉଛି । ବ୍ରାହ୍ମଣମାନଙ୍କ ମୁହଁରେ କଳା ବୋଳାଯାଉଛି । ଆମ ଦେଶରେ ଜାତିଗତ ବିଭେଦ ପାଇଁ କେବେ ରକ୍ତପାତ ହୋଇ ନଥିଲା । ସମୟ ଅନୁଯାୟୀ ଲୋକମାନେ ଅତୀତକୁ ଭୁଲି ସଂହତିର ଜୀବନ କଟାଇଲା ବେଳକୁ ଆମ ନେତାମାନେ ଲୋକମାନଙ୍କୁ ଶାନ୍ତିରେ ରଖାଇ ଦେଉନାହାନ୍ତି । ଦଳିତ, ଅନୁସୂଚିତ ବୋଲି ଅନେକ ଶବ୍ଦ ସୃଷ୍ଟି କରି ସବୁବେଳେ ଅତୀତକୁ ଉଖୁରାଉଛନ୍ତି । ନାନାପ୍ରକାର ସଂରକ୍ଷଣରେ ଦେଶକୁ ଶତ ବିଭକ୍ତ କରି ନିଜର ଭୋଟବ୍ୟାଙ୍କ ସୃଷ୍ଟି କରି ଚାଲିଛନ୍ତି ।

ମଧ୍ୟଯୁଗରେ ଖାଲି ଭାରତ ନୁହେଁ, ପୃଥିବୀର ସବୁଆଡେ ଭୟଙ୍କର ଧର୍ମଗତ ବିଭେଦ ଲାଗିଥିଲା । ଯେଉଁ ୟୁରୋପୀୟମାନେ ଆଜି ସାହେବ ହୋଇଛନ୍ତି, କ୍ରୀତଦାସ ପ୍ରଥା ଭଳି ଜଘନ୍ୟ ପ୍ରଥାକୁ ଶହ ଶହ ବର୍ଷ ବଂଚ-ାଇ ରଖିଥିଲେ । ମଣିଷକୁ ପଶୁଠାରୁ ଆହୁରି ହୀନ କରିଥିଲେ । ଖ୍ରୀଷ୍ଟଆନମାନେ ସେମାନଙ୍କର ଜାତିଭେଦ ନାହିଁ କହି ଆମକୁ ଘୃଣା କରନ୍ତି, ସେମାନଙ୍କର କାଥୋଲିକ ଓ ପୋଟେଷ୍ଟାଣ୍ଟମାନଙ୍କ ମଧ୍ୟରେ ବିବାଦ ହୋଇ ଶହ ଶହ ଜିଅନ୍ତା ମଣିଷକୁ କିପରି ପୋଡି ମାରୁଥିଲେ, ତାହାର ସାକ୍ଷୀ ଇତିହାସ ହିଁ ରହିଛି ।

ପ୍ରଥମ ଖ୍ରୀଷ୍ଟାବ୍ଦରେ ପ୍ରାଚୀନ ଇସ୍ରାଏଲ ଭୂମି (ଜୁଡାଇ)ର ଜେସସ କ୍ରାଏଷ୍ଟ ଖ୍ରୀଷ୍ଟଧର୍ମ ପ୍ରଚାର କରିଥିଲେ । ଏକ ନୂତନ ଧର୍ମ ଆଗମନରେ ଆତଙ୍କିତ ହୋଇ ସେଠାର ମୂଳ ଅଧିବାସୀ ଇହୁଦୀମାନଙ୍କର ପୂଜକ ମାନେ ରୋମାନ ଶାସକ ହିରୋଡଙ୍କ ଆଗରେ ଯୀଶୁଙ୍କ ବିରୁଦ୍ଧରେ ଆରୋପ ଆଣି ତାଙ୍କୁ କ୍ରୁସ ବିଦ୍ଧ କରାଇ ହତ୍ୟା କରିଥିଲେ । ସେତେବେଳେ ଧର୍ମରେ ନୂଆ ଚିନ୍ତାଧାରାକୁ ପ୍ରାଣଦଣ୍ଡ ଦେଇ ଦବାଇ ଦିଆଯାଉଥିଲା । ପରେ ପଲ, ପିଟର ଭଳି ଶିଷ୍ୟମାନେ ଆତ୍ମବଳି ଦେଇ ଏହାର ପ୍ରଚାର କରିଥିଲେ । ନୂତନ ଧର୍ମାବଲମ୍ବୀମାନେ ନାନା ନିର୍ଯାତନାର ଶିକାର ହେଲେ । ତୃତୀୟ ଶତାବ୍ଦୀରେ ରୋମ ସମ୍ରାଟ କନଷ୍ଟାଣ୍ଟଇନ ରୋମର ରାଜଧର୍ମ ରୂପେ ଖ୍ରୀଷ୍ଟଧର୍ମକୁ ଗ୍ରହଣ କରିବାରୁ ଏହା ସାରା ରୋମ ସାମ୍ରାଜ୍ୟରେ ବ୍ୟାପିଗଲା । ଚର୍ଚ୍ଚମାନ ପ୍ରତିଷ୍ଠା କରାଗଲା । ରୋମର ବିଶପଙ୍କୁ ପୋପ କୁହାଗଲା । ଧର୍ମକୁ ରୋମାନ କାଥୋଲିକ (Universal) ଧର୍ମ ନାମ ଦିଆଗଲା । ଖ୍ରୀଷ୍ଟ ଧର୍ମର ଧର୍ମଗ୍ରନ୍ଥ ବାଇବେଲ ଲାଟିନ ଭାଷାରେ ଲେଖା ଥିଲା । ପ୍ରତି ରବିବାର ଦିନ ଚର୍ଚ୍ଚକୁ ଯିବା ବାଧ୍ୟତାମୂଳକ ଥିଲା । ମଣିଷର ବ୍ୟକ୍ତିଗତ ଜୀବନକୁ ଚର୍ଚ୍ଚ ନିୟନ୍ତ୍ରଣ କଲା । ୟୁରୋପର ଏକ ତୃତୀୟାଂଶ ଜମି ଚର୍ଚ୍ଚ ଅଧୀନରେ ଥିଲା । ପୋପ ଖ୍ରୀଷ୍ଟଆନ ଜଗତର ସର୍ବୋଚ୍ଚ ଧର୍ମଗୁରୁ ହେଲେ । ବିସପ, କାର୍ଡିନାଲ, ପ୍ରିଷ୍ଟ ମାଧ୍ୟମରେ ସାଧାରଣ ଲୋକମାନେ ଈଶ୍ୱରଙ୍କ ଉପଲବ୍ଧି କରୁଥିଲେ । ଅନୁତାପ, କନଫେସନ, ବାପ୍ଟିଜିମ ଓ ସତକାମ ଏହି ଧର୍ମର ମୂଳମନ୍ତ୍ର ଥିଲା । ପୋପ ସମସ୍ତ ଖ୍ରୀଷ୍ଟିଆନ ଜଗତର ସର୍ବୋଚ୍ଚ ଗୁରୁ ଥିଲେ । ସେ ବିସପ, କାର୍ଡିନାଲମାନଙ୍କୁ ନିଯୁକ୍ତି ଦେଉଥିଲେ । ପାପାଲ କିଙ୍ଗଡମ ନାମରେ ରାଜ୍ୟର ଶାସକ ମଧ୍ୟ ଥିଲେ । ପ୍ରତ୍ୟେକ ଶାସକ ନିଜ ଅଭିଷେକ, ବିବାହ ପାଇଁ ପୋପଙ୍କର ଅନୁମତି ନେଉଥିଲେ । କାଥୋଲିକ ଧର୍ମରେ କୌଣସି ଭିନ୍ନମତକୁ ଆଶ୍ରୟ ଦିଆଯାଉ ନ ଥିଲା । ନିଜର ନୂଆ ମତ (Heliocentrism,The Sun not Earth is in centre) ପାଇଁ ବୟସ୍କ ବୈଜ୍ଞାନିକ ଗାଲିଲିଓଙ୍କୁ ନାନା ଅପମାନ ଦିଆଗଲା (୧୫୩୪)। ସେ ମିଛୁଆ ଓ ଉଦଭ୍ରାନ୍ତ (Heratic) ବୋଲି ଘୋଷଣା କରାଗଲା । ସେ ଜୀବନଯାକ ଗୃହବନ୍ଦୀ ରହିଲେ । କବର ପାଇଁ ଯାଗା ଦିଆଗଲା ନାହିଁ । କାଳକ୍ରମେ ଅନେକ ଚିନ୍ତାଶୀଳ ବ୍ୟକ୍ତି ଧର୍ମର ସଂସ୍କାର ଚାହିଁଲେ । ସେମାନଙ୍କ ମଧ୍ୟରେ ଜର୍ମାନର ମାର୍ଟିନ ଲୁଥର ଓ କାଲଭିନ ପ୍ରଧାନ । ସେ ୯୫ ଥେସିସ ନାମରେ ଏକ ପୁସ୍ତକ ଲେଖି (୧୫୨୩) ପୋପଙ୍କ ଆଧିପତ୍ୟକୁ ପ୍ରୋଟେଷ୍ଟ କରିବାରୁ ତାଙ୍କ ଧର୍ମକୁ ପ୍ରୋଟେଷ୍ଟାଣ୍ଟ କୁହାଗଲା । ସେମାନେ ବାଇବେଲକୁ ସ୍ଥାନୀୟ ଭାଷାରେ ଛପାଇଲେ । ଈଶ୍ୱର ଓ ବ୍ୟକ୍ତି ମଧ୍ୟରେ ପ୍ରିଷ୍ଟର (ଚର୍ଚ୍ଚ) ମାଧ୍ୟମ ଦରକାର ନାହିଁ ବୋଲି କହିଲେ । ମଦର ମେରୀଙ୍କ ଈଶ୍ୱରତ୍ୱକୁ ମାନିଲେ ନାହିଁ । ଅନୁତାପ, ସତକର୍ମ ବଦଳରେ ଈଶ୍ୱରଙ୍କ ପ୍ରତି ବିଶ୍ୱାସକୁ ପ୍ରାଧାନ୍ୟ ଦେଲେ । ଦଣ୍ଡରୁ କ୍ଷମା ପାଇଁ ଚର୍ଚ୍ଚମାନେ ଅର୍ଥ ନେବାକୁ ବିରୋଧ କଲେ । ସେମାନେ ନିଜର ସ୍ୱତନ୍ତ୍ର ଚର୍ଚ୍ଚ (Redemption) ପ୍ରତିଷ୍ଠା କଲେ । ପ୍ରତ୍ୟେକ ଚର୍ଚ୍ଚ ସମାନ ବୋଲି ଘୋଷଣା କଲେ । ଏହାର ସାମନା ପାଇଁ ପୋପ ସଂସ୍କାର କାର୍ଯ୍ୟକାରୀ କଲେ (୧୫୨୭) । ଜର୍ମାନୀର ଶାସକମାନେ ଲୁଥରଙ୍କୁ ସମର୍ଥନ କଲେ । ଜର୍ମାନୀ ସେତେବେଳେ ପବିତ୍ର ରୋମାନ ସମାଜର ଅନ୍ତର୍ଗତ ଥିଲା, ଯେ କି ପୋପଙ୍କର ଦୃଢ ସମର୍ଥକ ଥିଲେ । ଜର୍ମାନରେ ତିରିଶ ବର୍ଷ ଧରି ଯୁଦ୍ଧ ଚାଲିଲା । ଅନେକ ରାଜ୍ୟ ଧ୍ୱଂସ ହେଲା । କୁହାଯାଏ ଜର୍ମାନର ଏକ ତୃତୀୟାଂଶ ଲୋକ ଏହି ଧର୍ମଯୁଦ୍ଧରେ ମରିଗଲେ । ଲାଟିନ ଆମେରିକା, ଇଟାଲି, ସ୍ପେନ୍, ପର୍ତ୍ତୁଗାଲ, ୨୩-ଇଷ୍ଟର୍ଣ୍ଣ ଅର୍ଥୋଡକ୍ସ କାଥୋଲିକ ଧର୍ମର (୧.୨ ବିଲିଅନ) ସମର୍ଥକ ଥିଲେ । ଜର୍ମାନ, ଫ୍ରାନସ, ଆମେରିକା, ହଲାଣ୍ଡ ପ୍ରୋଟେଷ୍ଟାଣ୍ଟକୁ ଆପଣେଇଲେ (୮୦ ମିଲିଅନ) । ଏଥିନେଇ ଦେଶ-ଦେଶ ମଧ୍ୟରେ ଯୁଦ୍ଧ ଚାଲିଲା । ଇଂଲଣ୍ଡର ହେନେରି-୮ଙ୍କ ପୋପଙ୍କ ସହ ବିବାଦ ହେବାରୁ ସେ ନିଜ ଦେଶରେ କାଥୋଲିକ ଚର୍ଚ୍ଚମାନ ବନ୍ଦ କରାଇଦେଲେ । ଅତ୍ୟାଚାରରୁ ରକ୍ଷାପାଇବା ପାଇଁ ଅନେକ ଦେଶ ଛାଡିଲେ । ତାଙ୍କ କନ୍ୟା ମେରି ଶାସକ ହେଲାପରେ କାଥୋଲିକଙ୍କୁ ସମର୍ଥନ କଲେ । ପ୍ରୋଟେଷ୍ଟାଣ୍ଟ ମାନଙ୍କୁ ମୃତ୍ୟୁଦଣ୍ଡ ଦେଉଥିଲେ । ତାଙ୍କର ମାତ୍ର ୫ ବର୍ଷ ଶାସନ ମଧ୍ୟରେ ଆର୍କ ବିଶପ କାଉନବରି (କ୍ରାନମର)ଙ୍କ ସମେତ ୨୭୮ଜଣଙ୍କୁ ନିଆଁରେ ପୋଡି ମାରିଥିଲେ । ସେଥିପାଇଁ (Inquisition Law) ବୋଲି ଲୋକେ ଡାକିଲେ । ସ୍ପେନର ଜଣେ ପ୍ରୋଟେଷ୍ଟାଣ୍ଟ କେଟେନ ରିପିଲ (ଶିକ୍ଷକଙ୍କୁ) ଧର୍ମଯାଜକ ପ୍ରିସାଲିନଙ୍କୁ ପୋଡି ମାରିଦିଆଗଲା । ତାଙ୍କର ଅପରାଧ ହେଲା ସେ ଚର୍ଚ୍ଚରେ ପ୍ରାର୍ଥନା ନକରି ଘରେ ପ୍ରାର୍ଥନା କରାଉଥିଲେ । ଆୟରଲାଣ୍ଡରେ କାଥୋଲିକମାନଙ୍କୁ ୪୫ ଫୁଟ ବାଡ ଦିଆଯାଇ ନିଆରା ରଖାଗଲା । ଇଂଲଣ୍ଡରେ ଗୃହଯୁଦ୍ଧ ହୋଇ ରାଜା ଚାର୍ଲସ (କାଥୋଲିକ)ଙ୍କୁ ହତ୍ୟା କରାଗଲା । ସାରା ୟୁରୋପରେ ଇହୁଦୀ ମାନଙ୍କୁ ଘୃଣା କରି ଘେଟୋରେ ରଖାଗଲା ।

ଭିନ୍ନ ମତାବଲମ୍ବୀମାନଙ୍କୁ ନିୟନ୍ତ୍ରଣରେ ରଖିବା ପାଇଁ ପୋପ କାଥେଲିକମାନଙ୍କ Inquisition Law ପ୍ରଣୟନ ପାଇଁ ଆଦେଶ ଦେଲେ । ଏହା ବର୍ତ୍ତମାନର ତାଲିବାନ ଆଇନଠାରୁ ଆହୁରି ଜଘନ୍ୟ ଥିଲା । ସ୍ୱତନ୍ତ୍ର ବିଚାରପତି ନିଯୁକ୍ତି ପାଇଲେ । ଯେଉଁମାନେ ଠିକ୍ ଭାବେ ଧର୍ମ ଆଚରଣ କରୁନଥିବେ (Heratics, Heresy) ସେମାନଙ୍କ ପାଇଁ ବିଭିନ୍ନ ଦଣ୍ଡର ବ୍ୟବସ୍ଥା ରହିଲା । ବିଶେଷତଃ ନିୟୁ ଖ୍ରୀଷ୍ଟିଆନ (Converted Christian)ମାନେ ନିଜ ପୁରୁଣା ଧର୍ମର ବ୍ୟବସ୍ଥା ମାନୁଥିବାରୁ ଏହାର ଶିକାର ହେଉଥିଲେ । ଦଣ୍ଡ ହେଲା, ନିଆଁରେ ପୋଡି ମାରିବା, ସାଧାରଣ ଜାଗାରେ ବାନ୍ଧି ଚାବୁକ ମାରିବା, ଲୋକମାନେ ଟେକା ଫିଙ୍ଗିବା, ଛିପ ପକାଇବା, ଯାହା ଏକ ପୂଣ୍ୟ କାର୍ଯ୍ୟ ବୋଲି ବିବେଚିତ ଥିଲା । ନିର୍ଜନ କାରାବାସ, ଦେଶାନ୍ତର, ଉପରୁ କଚାଡି ହାଡ ଗୋଡ ଭାଙ୍ଗି ଦେବା । ଶାସକ ମାନେ ନିଜ ବିରୋଧୀଙ୍କୁ ଏହି ସୁଯୋଗରେ ଧର୍ମଦ୍ରୋହୀ କହି ଦଣ୍ଡ ଦେଲେ । ସାରା ୟୁରୋପ ଓ ସେମାନଙ୍କର କଲୋନିମାନଙ୍କରେ ହଜାର ହଜାର ବ୍ୟକ୍ତିଙ୍କୁ ହତ୍ୟା କରାଗଲା । ପର୍ତ୍ତୁଗୀଜ ଅଧିକୃତ ଗୋଆରେ ଧର୍ମପ୍ରାଣ ସେଣ୍ଟ ଫ୍ରାନସିସ ଜାଭିଅରଙ୍କ ଆଦେଶରେ ୭୦ ଜଣଙ୍କୁ ନିଆଁରେ ପୋଡି ମାରି ଦିଆଯାଇଥିଲା । ୟୁରୋପରୁ ଏହି କଳାରାତି ନେପୋଲିଅନଙ୍କ ଆବିର୍ଭାବରେ ସମାପ୍ତ ହୋଇଥିଲା । ସେ ଆଦେଶ ଦେଇ ଏହି ଆଇନକୁ ଉଠାଇ ଦେଇଥିଲେ । ଆମର ଅତୀତକୁ ସମାଲୋଚନା କଲା ବେଳେ ସେହି ଉନ୍ନତ ଦେଶମାନଙ୍କ ଅତୀତକୁ ତୁଳନା କଲେ, ଆମ ବ୍ୟବସ୍ଥା ଯେ ତାଙ୍କ ଠାରୁ ସହସ୍ରଗୁଣ ଉଦାର ଥିଲା, ତାହା ନିଃସନ୍ଦେହରେ କୁହାଯାଇପାରିବ । ସେଥିପାଇଁ ଆମର ଅତୀତରେ ଯାହାକିଛି ଦୁର୍ବଳତା ରହିଛି, ତାହା ପାଇଁ ଲଜ୍ଜିତ ହେବାର ଆବଶ୍ୟକତା କିଛି ନାହିଁ ।

# ବିଷାଦଗ୍ରସ୍ତ ଭାରତ

**ବ୍ୟ**ସ୍ତବହୁଳ ଜୀବନରେ ଜଞ୍ଜାଳମୟ ମୁହୂର୍ତ୍ତ ସମସ୍ତଙ୍କୁ ଅସ୍ତବ୍ୟସ୍ତ କରୁଛି। କର୍ମକ୍ଷେତ୍ର ଠାରୁ ବୃତ୍ତିଗତ କ୍ଷେତ୍ର ସବୁଠି ବ୍ୟସ୍ତତା, ଅଶାନ୍ତି ଓ ବିଶାଦର ଚିହ୍ନ। ନିକଟରେ ଜାତୀୟ ସ୍ୱାସ୍ଥ୍ୟ ବୁଲେଟିନର ତଥ୍ୟକୁ ଅନୁଯାୟୀ ଭାରତକୁ ଏକ ପ୍ରକାର ବିଷାଦମୟ ପରିବେଶ ସଂକ୍ରମିତ କରିଛି ବୋଲି ପରୋକ୍ଷରେ ତଥ୍ୟ ରଖିଛି। କେବଳ ସେତିକି ନୁହେଁ ସମାଜ ବିଜ୍ଞାନୀଙ୍କ ମତରେ ଭାରତକୁ କୁହାଯାଇଛି ଆତ୍ମହତ୍ୟାର ରାଜଧାନୀ। ଏହାର କାରଣ ଭାବେ ମେଡ଼ିକାଲ ରିସର୍ଚ୍ଚ ଆସୋସିଏସନ୍ ଦର୍ଶାଇଛି ଯେ ଭାରତ ଦିନକୁ ଦିନ ଅଧିକରୁ ଅଧିକ ବିଷାଦଗ୍ରସ୍ତ ହୋଇ ପଡୁଛି। ଏହାର କାରଣ ଅନେକ। ଯୁବକମାନଙ୍କ ଭିତରେ ରହିଛି ପରୀକ୍ଷା ବା ଚାକିରୀ ପାଇବାରେ ବିଫଳତା ଏବଂ ବେକାରୀ। ପ୍ରେମଜନିତ ଆତ୍ମହତ୍ୟା ଘଟନା ବି ବେଶ୍ ବଢ଼ିବାରେ ଲାଗିଛି। ସେହିପରି ଘରଣୀମାନେ ମଧ ଆଗଠାରୁ ଅଧିକ ସଂଖ୍ୟାରେ ଆତ୍ମହତ୍ୟା କରୁଛନ୍ତି। ସେମାନଙ୍କ ପରେ ଆସୁଛନ୍ତି ବୃଦ୍ଧ ବା ବୃଦ୍ଧା। ବରିଷ୍ଠ ନାଗରିକମାନେ ମଧ ନିଃସଙ୍ଗତା ଓ ଆର୍ଥିକ ଅନଟନଜନିତ କାରଣରୁ ବିଷାଦଗ୍ରସ୍ତ ହୋଇ ଆତ୍ମହତ୍ୟା କରୁଛନ୍ତି। ଏକ ସର୍ବେକ୍ଷଣରୁ ଜଣାପଡ଼ିଛି ଭାରତର ପ୍ରାୟ ଦୁଇ ତୃତୀୟାଂଶ ଲୋକେ ସାମାନ୍ୟ ଭାବେ ବିଷାଦଗ୍ରସ୍ତ। କିନ୍ତୁ ଏକ ଚତୁର୍ଥାଂଶ ଭାରତ ଅତି ମାତ୍ରାରେ ବିଷାଦଗ୍ରସ୍ତ, ଯାହାକି ଆତ୍ମହତ୍ୟାର ମୁଖ୍ୟ କାରଣ। ଜଣାପଡ଼ିଛି ଯେ ଭାରତରେ ଏବେ ପ୍ରତି ପନ୍ଦର ମିନିଟ୍‌ରେ ତିନିଟି ଆତ୍ମହତ୍ୟା ଘଟନା ଘଟୁଛି। ଏହି ତିନିଟି ଭିତରୁ ୧୮ରୁ ୨୯ ବର୍ଷ ବୟସ ଭିତରେ ଯୁବକ ବା ଯୁବତୀଙ୍କ ସଂଖ୍ୟା ହେଉଛି ଗୋଟିଏ। ଭାରତକୁ ଆତ୍ମହତ୍ୟାର ରାଜଧାନୀ ବୋଲି କୁହାଯିବା ପଛରେ କାରଣ ହେଉଛି ପ୍ରତିବର୍ଷ ଯେତିକି ଆତ୍ମହତ୍ୟା ଘଟନା ରିପୋର୍ଟ ହେଉଛି ତା ସଂଖ୍ୟା ଏକ ଲକ୍ଷରୁ ଅଧିକ। ନ୍ୟାସନାଲ କ୍ରାଇମ୍ ବ୍ୟୁରୋର ରିପୋର୍ଟରୁ ଜଣା ପଡ଼ିଛି ଯେ ପ୍ରତିଟି ଆତ୍ମହତ୍ୟା ସଫଳ ହେବା ପଛରେ ରହିଥାଏ ପ୍ରାୟ ୧୨ଟି ବିଫଳ ଆତ୍ମହତ୍ୟାର ଉଦ୍ୟମ ହୋଇଥାଏ। ଜଣାପଡ଼ିଛି ଯେ ଭାରତରେ ବିଷ ପିଇ ଆତ୍ମହତ୍ୟା କରୁଥିବା ଲୋକଙ୍କ ସଂଖ୍ୟା ସର୍ବାଧିକ। ଏବେ ଆତ୍ମହତ୍ୟାର ଧାରାରେ ଯେଉଁ ପରିବର୍ତ୍ତନ ବିଷୟରେ ସୂଚନା ମିଳିଛି ତାହା ହେଲା, ଏବେ ବରିଷ୍ଠ ନାଗରିକମାନଙ୍କ ଦ୍ୱାରା ଆତ୍ମହତ୍ୟାର ସଂଖ୍ୟା ବଢ଼ିଛି। ଛାତ୍ରଛାତ୍ରୀମାନଙ୍କ ଭିତରେ ଆତ୍ମହତ୍ୟାକୁ ରୋକିବାକୁ ହେଉଥିବା ବିଭିନ୍ନ ସ୍ତରୀୟ ଉଦ୍ୟମ ପରେ ସେଥିରେ କିଞ୍ଚିତ ରୋକ ଲାଗିଥିବାର ଦେଖାଯାଉଛି। ଶାସ୍ତ୍ର କହୁଛି ମଣିଷ ହେଉଛି ଭଗବାନଙ୍କ ସୃଷ୍ଟିର ଶ୍ରେଷ୍ଠ ବରଦାନ। କିନ୍ତୁ ସବୁକିଛି ଥାଇ ବି ଆମ୍ଭମାନଙ୍କ ଭିତରେ ବିଷାଦ କାହିଁକି ସ୍ଥାନ ପାଉଛି। ଜୀବନରେ ଅଭାବ ଯନ୍ତ୍ରଣା, ଅପମାନ ଠାରୁ ଅନେକ ଝଡ଼ଝଞ୍ଜାର ସ୍ଥାନ ରହିଛି। ସବୁଠି ପରିସ୍ଥିତିର ପ୍ରତିକୂଳକୁ ସାମ୍ନା କରି ଜୀବନ ପଥକୁ ଆଗକୁ ମାଡ଼ିଚାଲିବାର କଥା। ଆମ୍ଭେମାନେ ଚେଇଁ ଶୋଇଲା ପରି ସବୁକିଛି ଜାଣି ବି ଅଜଣା ପାଲଟୁଛେ। ବିଷାଦର ମୁଖ୍ୟ କ୍ଷେତ୍ର ହେଉଛି ହତାଶବୋଧ ଯାହାକି ଜୀବନର ଶେଷ ରାସ୍ତାରେ ମଣିଷଟିକୁ ପହଞ୍ଚାଇ ଦେଉଛି। ବାସ୍ତବବାଦୀ ଜୀବନରେ ଦରଦାମ୍‌ର ବୋଝ, ପରିବାରକୁ ସମୟ ଦେଇନପାରି ବ୍ୟସ୍ତତାର ମାନସିକତା, କାର୍ଯ୍ୟକ୍ଷେତ୍ରରେ ଗୁରୁଦାୟିତ୍ୱ, ଇପ୍‌ସିତ ବସ୍ତୁ ବା ସମ୍ପତି ନପାଇବା, ତଥାକଥିତ ଭାଗ୍ୟବାଦୀ ଜ୍ୟୋତିଷଙ୍କ ପରାମର୍ଶରେ ଭାଗ୍ୟନାହିଁ ବିଚାର କରିବା ପରି ବିଭିନ୍ନ ପ୍ରକାର ମାନସିକତା କବଳିତ କରୁଛି ଲୋକଚରିତ୍ରକୁ। ସମାଜରେ ବିଷାଦଗ୍ରସ୍ତତା ସବୁଠାରୁ ବଡ଼ ବ୍ୟାଧି ବୋଲି ମହାପୁରୁଷ ସେମାନଙ୍କ ମାର୍ଗଦର୍ଶନରେ କହିଛନ୍ତି। ବିଷାଦତା ଏକ ରୋଗ ନୁହେଁ ବାସ୍ତବରେ ଏହା ଏକ ମାନସିକତା। କ୍ଷୁଦ୍ର କୁଟୀରରେ ରାଜଉଆଁସର ସୁଖ ଜଣେ ପାଇ ନପାରେ କିନ୍ତୁ ଶାନ୍ତି ତ ନିଶ୍ଚିତ ପାଇପାରିବ ! ତେବେ ଏ ସବୁ ଜାଣି କ'ଣ ପାଇଁ ବିଷାଦଗ୍ରସ୍ତ ସମାଜରେ ଆମ୍ଭେମାନେ ଜୀବନ ନିର୍ବାହ କରୁଛେ। ଆସନ୍ତୁ ବିଷାଦଗ୍ରସ୍ତତାକୁ ମନ ଭିତରୁ ଦୂର କରି ଜୀବନକୁ ଭଲ କାମ ପାଇଁ ଭଲ ରାସ୍ତାରେ ନେବା ସହ ବିଷାଦଗ୍ରସ୍ତ ଭାରତକୁ ବଦଳାଇବାରେ ଗୁଣ୍ଡୁଚି ମୂଷା ପରି ଜଣେ ନାଗରିକ ହିସାବରେ ଦାୟିତ୍ୱ ନିର୍ବାହ କରି ସମାଜର କଲ୍ୟାଣ ସାଧିତ କରିପାରିବା।

# ପ୍ରଧାନଶିକ୍ଷକ ସମ୍ମିଳନୀ ଉଦଯାପିତ

ପୁରୀ,(ପି.ଏନ): ଟାଉନ ହଲ ଠାରେ ଦୀର୍ଘ ୩ ଦିନ ଧରି ପରିଚାଳିତ ହେଉଥିବା ପୁରୀ ଜିଲ୍ଲା ମାଧ୍ୟମିକ ବିଦ୍ୟାଳୟ ପ୍ରଧାନଶିକ୍ଷକ ସମ୍ମିଳନୀ ଆଜି ଉଦଯାପିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ଗୃହ ତଥା କ୍ରୀଡ଼ା ଓ ଯୁବ ବ୍ୟାପାର ମନ୍ତ୍ରୀ ତୁଷାରକାନ୍ତି ବେହେରା ମୁଖ୍ୟ ଅତିଥି ଭାବେ ଯୋଗଦେଇ ପାଠପଢ଼ା ସହ କ୍ରୀଡ଼ା କ୍ଷେତ୍ରରେ ମଧ ଛାତ୍ରଛାତ୍ରୀ ମାନଙ୍କ ପ୍ରତି ଯତ୍ନବାନ ହେବାକୁ ପ୍ରେରଣା ଦେଇଥିଲେ। ପାଠରେ ଭଲ କରୁ ନ ଥିବା ଛାତ୍ର ମଧ କ୍ରୀଡ଼ା କ୍ଷେତ୍ରରେ ଭଲ କରି ଜୀବନ ଓ ଜୀବିକାକୁ ସାର୍ଥକ କରିପାରିବେ ବୋଲି ମତପୋଷଣ କରିଥିଲେ। ସମ୍ମାନୀତ ଅତିଥି ରୂପେ ପୁରୀ ଜିଲ୍ଲା ପରିଷଦ ଅଧକ୍ଷା ସ୍ୱପ୍ନାରାଣୀ ସ୍ୱାଇଁ ଉପସ୍ଥିତ ହୋଇ ଭାରତୀୟ ଶିକ୍ଷା ବ୍ୟବସ୍ଥାରେ ପ୍ରଧାନଶିକ୍ଷକ ମାନଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ ଓ ସେମାନେ ସକ୍ରିୟ ହେଲେ ଶିକ୍ଷାର ଗୁଣାତ୍ମକ ମାନ ବୃଦ୍ଧି ହେବା ସହ ସାମଗ୍ରିକ ବିକାଶ ସାଧିତ ହୋଇପାରିବ ବୋଲି କହିଥିଲେ। ଏନ୍ ସି ଆର ଟି ପ୍ରଫେସର ଲକ୍ଷ୍ମୀଧର ବେହେରା ୨୦-୨୦ ନ୍ୟାସନାଲ ଏଜୁକେସନ ପଲିସି ସମ୍ବନ୍ଧରେ ବିଶଦ ବିବରଣୀ ପ୍ରଦାନ କରିଥିଲେ। ପୁରୀ ଜିଲ୍ଲା ସ୍କୁଲ୍ ପ୍ରଧାନଶିକ୍ଷୟତ୍ରୀ ଜ୍ୟୋତିର୍ମୟୀ ମିଶ୍ର ବିଦ୍ୟାଳୟର ପ୍ରାର୍ଥନା ସଭା ସୁପରିଚାଳନା ଓ ଅନ୍ୟାନ୍ୟ ଇନୋଭେଟିଭ୍ କାର୍ଯ୍ୟକ୍ରମ ସମ୍ପର୍କରେ ମତବ୍ୟକ୍ତ କରିଥିଲେ। ଜିଲ୍ଲା ସମଗ୍ର ଶିକ୍ଷା ବିଭାଗର ରମେଶ ଚନ୍ଦ୍ର ସାହୁ ଓ ବିଚିତ୍ରାନନ୍ଦ ଜେନା ପେଡାଗୋଜି ଓ ଅର୍ଥ ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ । ପୁରୀ ଆରଟିଓ ରବୀନ୍ ପଟ୍ଟନାୟକ ସଡକ ନିରାପତା ଓ ଡିସିପିଓ, ମନୋଜ କୁମାର ତ୍ରିପାଠୀ ଶିଶୁ ସୁରକ୍ଷା ବିଷୟରେ ଆଲୋଚନା କରିଥିଲେ । ଜିଲ୍ଲା ଶାରୀରିକ ଶିକ୍ଷା ନିରୀକ୍ଷକ ମହେନ୍ଦ୍ର କୁମାର ବିଶ୍ୱାଳ କ୍ରୀଡ଼ା, ସ୍କାଉଟସ୍ ଓ ଜୁନିୟର ରେଡ଼କ୍ରସ୍ ବିଷୟରେ ବିବରଣୀ ପ୍ରଦାନ କରିଥିଲେ । ବିଶ୍ୱଜିତ ଭୋଳ ପ୍ରୋଗ୍ରାମର, ପି ଏମ୍ ପୋଷଣ ଏମ୍ ଡି ଏମ୍ ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ । ଅନ୍ତର୍ନିବେଶୀ ଶିକ୍ଷା ସଂଯୋଜକ କାର୍ତିକେଶ୍ୱର ପ୍ରଧାନ ଭିନ୍ନକ୍ଷମ ପିଲାମାନଙ୍କ ଅନ୍ତର୍ନିବେଶୀ ଶିକ୍ଷା ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ। ସୁଶୀଲ କୁମାର ବ୍ରହ୍ମା ମଣ୍ଡଳ ଶିକ୍ଷାଧିକାରୀ, ଗୋପ, ଶିକ୍ଷାର୍ଥୀ ମାନଙ୍କ ବୀମା ଯୋଜନା ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ ।ସମସ୍ତ କାର୍ଯ୍ୟକ୍ରମ ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ମମତା ମିଶ୍ର ଓ ହିମାଂଶୁ ଭୂଷଣ ସମର୍ଥ ସଂଯୋଜନା ଓ ସଭାପତି ତଥା ଜିଲ୍ଲା ଶିକ୍ଷାଧିକାରୀ ଡଃ. ବିଶ୍ୱଜିତ ଘୋଷଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପରିଚାଳିତ ହୋଇଥିଲା। ପ୍ରଧାନଶିକ୍ଷକ ରୂପଶ୍ରୀ ଛୋଟରାୟ ବିବରଣୀ ପାଠ କରିଥିଲେ ଓ ଶଙ୍କର କୁମାର ସୁବୁଦ୍ଧି ଧନ୍ୟବାଦ ଅର୍ପଣ କରିଥିଲେ ।

# ଭଣ୍ଡା କେ.ବି. ସରକାରୀ ଉଚ୍ଚ ବିଦ୍ୟାଳୟର ବାର୍ଷିକ ଉତ୍ସବ

ଚମ୍ପୁଆ, (ପି.ଏନ): ଚମ୍ପୁଆ ବ୍ଲକ ଅନ୍ତର୍ଗତ ଭଣ୍ଡା କେ. ବି. ସରକାରୀ ଉଚ୍ଚ ବିଦ୍ୟାଳୟର ବାର୍ଷିକ ଉତ୍ସବ ବିଦ୍ୟାଳୟ ପରିସରରେ ମହାସମାରୋହରେ ପାଳିତ ହୋଇଯାଇଛି । ଉତ୍ସବରେ ବିଦ୍ୟାଳୟର ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ହୃଦାନନ୍ଦ ମହାନ୍ତ ସଭାପତିତ୍ୱ କରିଥିବା ବେଳେ ମୁଖ୍ୟ ଅତିଥି ଭାବେ ପାଟଣାର ପୂର୍ବତନ ବିଧାୟକ ତଥା ଜିଲ୍ଲା ଯୋଜନା ବୋର୍ଡ ଅଧକ୍ଷ ହୃଷିକେଶ ନାଏକ, ମୁଖ୍ୟବକ୍ତା ଭାବେ ଭଣ୍ଡା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ମୁଖ୍ୟ ଚିକିତ୍ସାଧିକାରୀ ଡଃ. ଦୀପକ କୁମାର ସାହୁ, ସମ୍ମାନିତ ଅତିଥି ବଡ଼ବିଲ-ରୁଙ୍ଗଟା ମାଇନ୍ସର ବରିଷ୍ଠ ପ୍ରବନ୍ଧକ ଚିନ୍ମୟ କୁମାର ମହାନ୍ତ ଏବଂ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷକ ବୈଲୋଚନ ମହାନ୍ତ ପ୍ରମୁଖ ଯୋଗଦେଇ ଛାତ୍ରଛାତ୍ରୀମାନେ ସଫଳତାର ସିଡି ଚଢ଼ିବାକୁ ହେଲେ ସ୍ୱପ୍ନ, ବିଶ୍ୱାସ, ଅଭ୍ୟାସ ଓ ସିଷ୍ଟମ୍ କୁ ଅନୁସରଣ କରିବାକୁ ପଡ଼ିବ ବୋଲି ଦିଗଦର୍ଶନ ଦେଇଥିଲେ। କଠିନ ପରିଶ୍ରମ କରି, ଭଲ ପାଠ ପଢ଼ି ବିଦ୍ୟାଳୟ ତଥା ଦେଶର ସୁନାମ ଆଣିବାକୁ ମୁଖ୍ୟ ଅତିଥି ତାଙ୍କ ବକ୍ତବ୍ୟରେ ଛାତ୍ରଛାତ୍ରୀ ମାନଙ୍କୁ କହିଥିଲେ।

# ବ୍ରହ୍ମା କୁମାରୀ ଗୀତା ପାଠଶାଳାର ରୌପ୍ୟ ଜୟନ୍ତୀ ସମାରୋହ

ଗଞ୍ଜାମ, (ପି.ଏନ): ପ୍ରଜାପିତା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱ ବିଦ୍ୟାଳୟ ଶାନ୍ତି ଶକ୍ତି ଭବନ ଦ୍ୱାରା ସ୍ଥାପିତ ତଥା ପରିଚାଳିତ ପିତଳ ତେଲିସାହି ସ୍ଥିତ ବ୍ରହ୍ମାକୁମାରୀ ଗୀତା ପାଠଶାଳାର ସ୍ଥାପନାର ୨୫ତମ ସ୍ୱନକ୍ଷତ୍ର ଦିବସ ତଥା ରୌପ୍ୟ ଜୟନ୍ତୀ ମହା ସମାରୋହରେ ପାଳିତ ହୋଇଯାଇଛି। ଏହି ପରିପ୍ରେକ୍ଷୀରେ ଏକ ବର୍ଣ୍ଣାଢ୍ୟ ପରିବେଶରେ ଶାନ୍ତି ଶକ୍ତି ଭବନ ସଂଚାଳିକା ରାଜଯୋଗିନୀ ବ୍ରହ୍ମାକୁମାରୀ ପ୍ରଭାତୀ ଭଉଣୀ ତଥା ବରିଷ୍ଠ ସାମ୍ବାଦିକ ଡକ୍ଟର ହୃଷୀକେଶ ମହାନ୍ତିଙ୍କ କରକମଳରେ ଶିବଧ୍ୱଜା ଉତୋଳନ କରିବା ପରେ ଶତାଧିକ ଭଉଣୀ ଭାଇ ଶିବ ସନ୍ଦେଶ ଦେବା ଉଦ୍ଦେଶ୍ୟରେ ଶାନ୍ତି ଯାତ୍ରାରେ ପିତଳ, ତ୍ଥର, ବ୍ରାହ୍ମଣ ଛାଇ, ଆମ୍ବିଳାପଲ୍ଲୀ ଓ ପଙ୍କଳବାଡି ଆଦି ଗ୍ରାମ ପରିକ୍ରମା କରିଥିଲେ। ସନ୍ଧ୍ୟାରେ ପିତଳ ତେଲି ସାହି ସ୍ଥିତ ଗୀତା ପାଠଶାଳା ସମ୍ମୁଖରେ ଏକ ଆଧ୍ୟାତ୍ମିକ ସ୍ନେହ ମିଳନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ରୂପେ ଯୋଗଦେଇ ଥିଲେ ଗଞ୍ଜାମ ଜିଲ୍ଲା ପରିଷଦ ଅଧକ୍ଷା ଅଞ୍ଜଳୀ ସ୍ୱାଇଁ ଏବଂ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ ଧରାକୋଟର ପୂର୍ବତନ ସରପଂଚ ମନୋଜ ସ୍ୱାଇଁ, ବରିଷ୍ଠ ସାମ୍ବାଦିକ ଡକ୍ଟର ହୃଷୀକେଶ ମହାନ୍ତି, ଜିଲ୍ଲା ପରିଷଦ ପ୍ରତିନିଧି ବରୁଣ କୁମାର ପଲାଇ ।କାର୍ଯ୍ୟକ୍ରମର ମୁଖ୍ୟବକ୍ତା ରାଜ ଯୋଗିନୀ ବ୍ରହ୍ମାକୁମାରୀ ପ୍ରଭାତୀ ଭଉଣୀ ପ୍ରକାଶ କରିଥିଲେ ଯେ, ସହଜ ରାଜଯୋଗ ଅଭ୍ୟାସ କରି ବିଗତ ୨୫ ବର୍ଷ ମଧ୍ୟରେ ପିତଳ ଗ୍ରାମପଂଚାୟତର ଶତାଧିକ ଭଉଣୀ ଭାଇଙ୍କ ସରଳ, ନିରାଡମ୍ବର, ସାତ୍ତ୍ୱିକ ଜୀବନଶୈଳୀ ଅଂଚଳବାସୀଙ୍କ ପାଇଁ ଆଦର୍ଶ ବନିଛି। ସମ୍ମାନିତ ଅତିଥି ଧରାକୋଟ ପୂର୍ବତନ ସରପଂଚ ମନୋଜ ସ୍ୱାଇଁ ଓ ବରିଷ୍ଠ ସାମ୍ବାଦିକ ଡକ୍ଟର ହୃଷୀକେଶ ମହାନ୍ତି ବ୍ରହ୍ମାକୁମାରୀ ମୁଖ୍ୟାଳୟ ମାଉଂଟ ଆବୁ ଦର୍ଶନ ସମୟର ଅନୁଭୂତି ପ୍ରକାଶ କରିଥିଲେ। ସମସ୍ତଙ୍କ ଗହଣରେ ରଜତ ଜୟନ୍ତୀ ଉପଲକ୍ଷେ ପରମାତ୍ମାଙ୍କ ସ୍ମୃତିରେ ପ୍ରଦୀପ ପ୍ରଜ୍ୱଳନ କରାଯାଇଥିଲା। ବ୍ରହ୍ମାକୁମାର ସତ୍ୟପ୍ରିୟ କାର୍ଯ୍ୟକ୍ରମ ପରିଚାଳନା କରିଥିବା ବେଳେ ବ୍ରହ୍ମାକୁମାର ପଂଚାନନ, ପଂଚାୟତ୍ରି, ରାମପ୍ରସାଦ, ଲୋଚନ, ରାଧାଶ୍ୟାମ ଓ ବ୍ରହ୍ମାକୁମାରୀ ଲୀଳା, ଭାଗ୍ୟ, ସୁଜ୍ଞାନୀ, ସ୍ମିତା, ସୁମିତ୍ରା, କସ୍ତୁରି, ସବିତା ତଥା ଅନ୍ୟାନ୍ୟ ଭଉଣୀ ଭାଇ ପରିଚାଳନାରେ ସହଯୋଗ କରିଥିଲେ।




# ଓଡ଼ିଶାରେ ଗାନ୍ଧୀ ସ୍ମୃତି ଓ ଗାନ୍ଧୀ କଥା



ଜାତିର ଜନକ ମହାତ୍ମା ଗାନ୍ଧୀଙ୍କ ଆଜି ତିରୋଧାନ ଦିବସ। ବାପୁଜୀ ମହାତ୍ମା ଗାନ୍ଧୀଙ୍କ ଆଗମନର ଶତବାର୍ଷିକ ପାଳନ କରାଯିବା ସହ ଗାନ୍ଧୀକଥା ଆୟୋଜନ ହେବାକୁ ଯାଉଛି। ମହାତ୍ମାଗାନ୍ଧୀଙ୍କ ପ୍ରଥମ ଓଡ଼ିଶା ଗସ୍ତର ଶତବାର୍ଷିକୀ ପ୍ରତିପାଳନ ପାଇଁ କାର୍ଯ୍ୟସୂଚୀ ପ୍ରସ୍ତୁତି ଲାଗି ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ଅନେକ କାର୍ଯ୍ୟକ୍ରମ ହାତକୁ ନିଆଯାଇଛି। ସୂଚନାଯୋଗ୍ୟ ଯେ ୧୯୨୧ ମସିହା ମାର୍ଚ୍ଚ ୨୩ ତାରିଖରେ ଗାନ୍ଧୀଜୀ ପ୍ରଥମ ଓଡ଼ିଶା ଗସ୍ତ କରିଥିଲେ। ଏହି ପ୍ରଥମ ଗସ୍ତ ଅବସରରେ ସେ କଟକ, ଭଦ୍ରକ, ସାକ୍ଷୀଗୋପାଳ, ପୁରୀ ଓ ବ୍ରହ୍ମପୁରରେ ଆୟୋଜିତ ଅନେକ କାର୍ଯ୍ୟକ୍ରମରେ ଯୋଗଦେଇଥିଲେ। ଉତ୍କଳମଣି ପଣ୍ଡିତ ଗୋପବନ୍ଧୁ ଦାସଙ୍କ ନିମନ୍ତ୍ରଣ କ୍ରମେ ଗାନ୍ଧିଜୀଙ୍କ ପ୍ରଥମ ଓଡ଼ିଶା ଗସ୍ତ ହୋଇଥିଲା ଏବଂ ଏଥିରେ ହଜାର ହଜାର ସଂଖ୍ୟାରେ ସ୍ୱତଃସ୍ଫୂର୍ତ୍ତ ଭାବେ ଯୋଗ ଦେଇଥିଲେ। ଏହାପରେ ୧୯୪୬ ପର୍ଯ୍ୟନ୍ତ ବିଭିନ୍ନ ସମୟରେ ଗାନ୍ଧୀଜୀ ଆଉ ୭ଥର ଗସ୍ତ କରିଥିଲେ। ସେ ୧୩ଟି ଜିଲ୍ଲା ଗସ୍ତ କରିଥିଲେ ମଧ୍ୟ ବର୍ତ୍ତମାନର ୩୦ଟି ଜିଲ୍ଲାରେ ତାଙ୍କ ଗସ୍ତର ବ୍ୟାପକ ପ୍ରଭାବ ପଡ଼ିଥିଲା। ଫଳରେ ଓଡ଼ିଶାରେ ଅସହଯୋଗ ଆନ୍ଦୋଳନ, ଲବଣ ସତ୍ୟାଗ୍ରହ, ବାଣୀ ସତ୍ୟାଗ୍ରହ, ଭାରତଛାଡ଼ ଆନ୍ଦୋଳନ ଆଦିରେ ଲକ୍ଷାଧିକ ଲୋକ ସାମିଲ ହେବା ସହ ଶତାଧିକ ସହିଦ ହୋଇଥିଲେ। ହଜାର ହଜାର ସ୍ୱାଧୀନତା ସଂଗ୍ରାମୀ କାରା ଓ ନିର୍ଯାତନା ବରଣ କରିଥିଲେ। ଏହାଛଡ଼ା ଗାନ୍ଧୀଜୀଙ୍କ ରଚନାତ୍ମକ କାର୍ଯ୍ୟକ୍ରମର ପ୍ରଭାବ ଓଡ଼ିଶାରେ ସମାଜସେବା ଓ ସଂସ୍କାର କ୍ଷେତ୍ରରେ ମଧ୍ୟ ନୂଆ ଅଧ୍ୟାୟ ସୃଷ୍ଟି କରିଥିଲା। ବିଭିନ୍ନ ବିଭାଗ ସହ ଯୋଗସୂତ୍ର ରକ୍ଷା କରି ଗାନ୍ଧିଜୀଙ୍କ ଗ୍ରାମ ସ୍ୱରାଜ, ସ୍ୱାଭିମାନ ଓ ସ୍ୱଦେଶୀ ଓ ସ୍ୱାବଲମ୍ବନଶୀଳତାର ବାର୍ତ୍ତାର ବ୍ୟାପକ ରୂପାୟନ ଲାଗି ଏହି ବୈଠକରେ ମତପ୍ରକାଶ ପାଇଛି। ପ୍ରାଥମିକରୁ ବିଶ୍ୱବିଦ୍ୟାଳୟ ପର୍ଯ୍ୟନ୍ତ ଛାତ୍ରଛାତ୍ରୀ, ମହିଳା ଓ ଯୁବ ସଙ୍ଗଠନ, କୃଷକ ସଙ୍ଗଠନ, ସ୍ୱେଚ୍ଛାସେବୀ ସଂସ୍ଥା ଓ ଗାନ୍ଧୀପ୍ରେମୀମାନଙ୍କୁ ଅଧିକରୁ ଅଧିକ ସଂଖ୍ୟାରେ ଜଡ଼ିତ କରି କମ୍ ଖର୍ଚ୍ଚରେ କିଭଳି ବ୍ୟାପକ ଗଣଜାଗରଣ ସୃଷ୍ଟି କରାଯିବାର କାର୍ଯ୍ୟକ୍ରମ ହାତକୁ ନିଆଯାଇଛି। ଓଡ଼ିଶା ପ୍ରସଙ୍ଗରେ ଗାନ୍ଧୀଜୀ ଯାହା କରିଛନ୍ତି ଓ କହିଛନ୍ତି ଏବଂ ତାଙ୍କ ସହ ଯେତେ ପତ୍ର ବିନିମୟ ହୋଇଛି ସେ ସବୁକୁ ସଂଗ୍ରହ କରି ତାହାର ଓଡ଼ିଆ ଅନୁବାଦ ପୁସ୍ତକ ପ୍ରକାଶ କରିବା ଲାଗି ମଧ୍ୟ ପ୍ରସ୍ତାବ ଆସିଛି। ଏହାଛଡ଼ା ଗାନ୍ଧୀ, ୧୫୦ କାର୍ଯ୍ୟକ୍ରମରେ ପ୍ରତି ବ୍ଲକରେ ଆଦର୍ଶ ପଞ୍ଚାୟତ ସ୍ଥାପନ କରି ଗ୍ରାମ ସ୍ୱରାଜର ଠିକଣା ପରିପ୍ରକାଶ ଲାଗି ମଧ୍ୟ ଉଦ୍ୟମ ଆରମ୍ଭ ହୋଇଛି। ଦଳମତ ନିର୍ବିଶେଷରେ ସମସ୍ତେ ଏହି ସ୍ମରଣୀୟ କାର୍ଯ୍ୟକ୍ରମରେ ସାମିଲ ହୋଇଛନ୍ତି। ଗାନ୍ଧୀଜୀଙ୍କ ଓଡ଼ିଶା ଆଗମନର ଶତବାର୍ଷିକ ପାଇଁ ମାର୍ଚ୍ଚ ୨୩ରେ କଟକରେ, ମାର୍ଚ୍ଚ ୨୫ ଭଦ୍ରକରେ, ମାର୍ଚ୍ଚ ୨୭ ସତ୍ୟବାଦୀରେ, ମାର୍ଚ୍ଚ ୨୮ ପୁରୀରେ ଓ ମାର୍ଚ୍ଚ ୩୦ରେ ବ୍ରହ୍ମପୁରରେ ସଭା ପଦଯାତ୍ରାର ଆୟୋଜନ ହେଉଛି। ଆଜିର ସମୟରେ ଗାନ୍ଧିଜୀଙ୍କ ମୂଲ୍ୟବୋଧ ଓ ତାଙ୍କର ଅବଦାନ ପ୍ରତିଟି ଭାରତୀୟଙ୍କ ପାଇଁ ଆଦର୍ଶର ମହାମନ୍ତ୍ର ପାଲଟିଛି। ଆସନ୍ତୁ ଆଜିର ପବିତ୍ର ଦିନରେ ଦେଶ ଓ ସମାଜର ସର୍ବାଙ୍ଗୀନ ଉନ୍ନତି ଓ ସେବା ସହ ମହାତ୍ମା ଗାନ୍ଧୀଙ୍କ ପ୍ରତିଟି ବାଣୀକୁ ନିଜ ଜୀବନରେ ପ୍ରତିଫଳିତ କରିବା ଏହା ହିଁ ହେବ ତାଙ୍କ ପାଇଁ ଶ୍ରେଷ୍ଠ ଶ୍ରଦ୍ଧାଞ୍ଜଳି।

# କୁଷ୍ଠରୋଗୀଙ୍କ ସେବା: ଭଗବାନଙ୍କ ସେବା

ଜାତିର ପିତା ମହାତ୍ମା ଗାନ୍ଧୀଙ୍କ ତିରୋଧାନ ଦିବସକୁ ସାରା ଭାରତବର୍ଷରେ କୁଷ୍ଠ ରୋଗ ନିରୋଧୀ ଦିବସ ଭାବେ ପାଳନ କରାଯାଏ। କୁଷ୍ଠ ଭଳି ସଂକ୍ରାମକ ରୋଗରେ ପୀଡ଼ିତ ରୋଗୀଙ୍କ ଯତ୍ନ ଓ ସେମାନଙ୍କ କଲ୍ୟାଣ ପାଇଁ ଗାନ୍ଧୀଙ୍କ ନିସ୍ୱାର୍ଥପର ପଦକ୍ଷେପକୁ ମନେପକାଇବାକୁ ଏହି ଦିବସ ପାଳିତ ହୋଇଥାଏ। ଶିକ୍ଷାନୁଷ୍ଠାନମାନଙ୍କରେ କୁଷ୍ଠ ନିରୋଧୀ ଅଭିଯାନ ଅନୁଷ୍ଠିତ ହୋଇଥାଏ। ନାଟକ, ଚଳଚ୍ଚିତ୍ର ମାଧ୍ୟମରେ କୁଷ୍ଠ ପ୍ରତି ଲୋକଙ୍କୁ ସଚେତନ କରାଯାଏ। ଚିକିତ୍ସା ଦ୍ୱାରା ରୋଗୀ ସମ୍ପୂର୍ଣ୍ଣ ସୁସ୍ଥ ହୋଇପାରେ, ବିଭିନ୍ନ କାର୍ଯ୍ୟକ୍ରମ ମାଧ୍ୟମରେ ସାରା ଭାରତରେ ଏହି ସନ୍ଦେଶ ପ୍ରେରଣ କରାଯାଇଥାଏ। ରୋଗ ସହ ଲଢ଼ିବାର ସାହସ ଜାଗ୍ରତ କରାଯାଇଥାଏ। ରୋଗକୁ ନେଇ ଲୋକଙ୍କ ମନର ଭ୍ରମ ଦୂର କରିବା ଏହି ଦିବସର ଲକ୍ଷ୍ୟ। ଲୋକଙ୍କୁ କୁଷ୍ଠ ପ୍ରତି ସଚେତନ କରାଇବା, ପୀଡ଼ିତଙ୍କୁ ନିୟମିତ ଓ ବିନା ମୂଲ୍ୟରେ ଚିକିତ୍ସା ଯୋଗାଇଦେବା, ରୋଗଗ୍ରସ୍ତ ବ୍ୟକ୍ତିକୁ ମାନସିକ ସ୍ତରରେ ମଜବୁତ କରିବା ସହ ରୋଗ ସମୟରେ ଅନ୍ୟ ଶାରୀରିକ ସମସ୍ୟା ପ୍ରତି ସଚେତନ କରିବା କୁଷ୍ଠ ନିରୋଧୀ ଦିବସ ପାଳନର ଉଦ୍ଦେଶ୍ୟ। ସାଧାରଣରେ କୁଷ୍ଠ ରୋଗ ଆଉ ଅଛୁଆଁ ହୋଇ ରହିନାହିଁ। ସାଧାରଣତଃ ଏହା କୁଷ୍ଠ ମାଇକୋବ୍ୟାକ୍ଟେରିଅମ ଲେପ୍ରି ଓ ମାଇକୋବ୍ୟାକ୍ଟେରିଅମ୍ ଲେପ୍ରୋମାଟୋସିସ୍ ନାମକ ଦୁଇ ପ୍ରକାର ବ୍ୟାକ୍ଟେରିଆ ଦ୍ୱାରା ହୋଇଥାଏ। ଅଧିକାଂଶ କ୍ଷେତ୍ରରେ ଆମ ଶରୀର ଏହି କୁଷ୍ଠ ରୋଗ ଜୀବାଣୁକୁ ନଷ୍ଟ କରିଦେଇଥାନ୍ତି। ଏଣୁ ବହୁତ କମ୍ ଲୋକ ଏହି ରୋଗରେ ପଡ଼ିଥାନ୍ତି। ଏହି ରୋଗ ତିନି ପ୍ରକାରର ଦେଖାଯାଇଥାନ୍ତି। ସେଥିଭିତରୁ ଗୋଟିଏ ହେଉଛି ସ୍ନାୟୁ କୁଷ୍ଠ ରୋଗ। ଯାହାକି ପ୍ରଭାବିତ ଅଙ୍ଗଗୁଡ଼ିକର ସମ୍ବେଦନଶୀଳତାକୁ ନଷ୍ଟ କରିଦିଏ। ପ୍ରଭାବିତ ଅଞ୍ଚଳକୁ କାଟିଲେ କିମ୍ବା ଚିମୁଟିଲେ ମଧ୍ୟ ରୋଗୀ କିଛି ଜାଣି ପାରନ୍ତି ନାହିଁ ଅର୍ଥାତ୍ ରୋଗୀ ପ୍ରଭାବିତ ସ୍ଥାନରେ ଯନ୍ତ୍ରଣା ଅନୁଭବ କରନ୍ତି ନାହିଁ। ସେହିପରି ଆଉ ଗୋଟିଏ ହେଉଛି ଗ୍ରନ୍ଥି କୁଷ୍ଠ ରୋଗ, ଏହା ମଣିଷ ଶରୀରରେ ବିଭିନ୍ନ ରଙ୍ଗର ଦାଗ ସହିତ କେତେକ କ୍ଷେତ୍ରରେ ଘା'ମଧ୍ୟ ସୃଷ୍ଟି କରିଥାଏ। ତେବେ ମିଶ୍ରିତ କୁଷ୍ଠ ରୋଗ ହେଉଛି ଏହା ପ୍ରଭାବିତ ସ୍ଥାନରେ ସମ୍ବେଦନଶୀଳତା ନଷ୍ଟ କରିବା ସହ ଦାଗ ମଧ୍ୟ ହୋଇଥାଏ। କୁଷ୍ଠ ରୋଗର ସଂକ୍ରମଣର କାରଣ ଏଯାତ୍ ଜଣାପଡ଼ିନାହିଁ କିନ୍ତୁ ଏହା ଜୀବାଣୁ ଦ୍ୱାରା ହୋଇଥାଏ। ଯେତେବେଳେ କୁଷ୍ଠ ରୋଗର ଜୀବାଣୁ ଶରୀରରେ ପ୍ରବେଶ କରେ ଏହା ମରିଯାଏ। କିନ୍ତୁ ଯେଉଁମାନଙ୍କ ଠାରେ ରୋଗପ୍ରତିରୋଧକ ଶକ୍ତି କମ୍ ଥାଏ ସେମାନଙ୍କ କ୍ଷେତ୍ରରେ ଏହା ଦେଖାଯାଇନଥାଏ। ସେମାନେ ଏହି ରୋଗରେ ଆକ୍ରାନ୍ତ ହେବାର ବଡ଼ ସମ୍ଭାବନା ଥାଏ। ଏହାଛଡ଼ା ପର୍ଯ୍ୟାପ୍ତ ପରିମାଣର ପୌଷ୍ଟିକ ଆହାର ନମିଳିବା ଏବଂ ଦୀର୍ଘ ସମୟ ଧରି ଦୂଷିତ ଖାଦ୍ୟ ଖାଇବା ଦ୍ୱାରା କୁଷ୍ଠରୋଗ ହେବାର ଆଶଙ୍କା ଥାଏ। କୁଷ୍ଠ ରୋଗର ଲକ୍ଷଣ ହେଉଛି ଏହି ରୋଗ ପ୍ରାରମ୍ଭରେ ଆଦୌ ଲକ୍ଷଣଯୁକ୍ତ ହୁଏ ନାହିଁ। କୁଷ୍ଠରୋଗୀ ମାନଙ୍କୁ ନେଇ ଆମ ମାନଙ୍କ ଭିତରେ ସେପରି ଭ୍ରାନ୍ତ ଧାରଣା ରହିବା କଥା ନୁହେଁ। ଜଣେ ରୋଗୀକୁ ପ୍ରାଥମିକ ଅବସ୍ଥାରେ ଡାକ୍ତରୀ ପରାମର୍ଶ ସହ ପରୀକ୍ଷା ନିରୀକ୍ଷା ଓ ନିୟମିତ ଔଷଧପତ୍ର ସେବନ କରିବା ଉଚିତ। ଏହା ସହ ସ୍ୱାସ୍ଥ୍ୟ ପରିବେଶ ଭିତରେ ନିୟମିତ ଡ୍ରେସିଂ କରିବା ସହ ଏ ନେଇ ବିଭିନ୍ନ ସଚେତନଧର୍ମୀ କାର୍ଯ୍ୟକ୍ରମର ଆୟୋଜନ ହେବା ଉଚିତ। ଆଜି କୁଷ୍ଠ ନିରୋଧ ଦିବସ ଅବସରରେ ଆସନ୍ତୁ ଆଜି ଆମେ ସମସ୍ତେ କେବଳ ସରକାର ବା ପ୍ରଶାସନର ଦୋଷ ନଦେଇ ନିଜ ସୀମିତ ସାଧ୍ୟମତେ ଆମ ଆଖପାଖରେ ଥିବା କୁଷ୍ଠ ରୋଗୀଙ୍କ ସେବା କରିବା ଏବଂ ଆଜିର ଦିନ ଜାତିର ଜନକ ବାପୁଜୀଙ୍କ ତିରୋଧାନ ଦିବସ ହୋଇଥିବାରୁ ଓ ବାପୁଜୀ କୁଷ୍ଠରୋଗୀ ମାନଙ୍କ ସେବାକୁ ଅତ୍ୟନ୍ତ ଆନନ୍ଦର ସହିତ ସେବା କାର୍ଯ୍ୟ ବୋଲି ବିଚାର କରିଥିବାରୁ ଆମ୍ଭମାନଙ୍କର ଏହି ଦିବସର ସଂକଳ୍ପ ପୂଜ୍ୟ ବାପୁଜୀଙ୍କ ପ୍ରତି ଶ୍ରେଷ୍ଠ ଶ୍ରଦ୍ଧାଞ୍ଜଳି ହେବ।

# ଗାନ୍ଧିଜୀ ଥିଲେ ପ୍ରଥମ ସର୍ବଭାରତୀୟ ନେତା



ସୂର୍ଯ୍ୟାସ୍ତ ବିହୀନ ବ୍ରିଟିଶ ଉପନିବେଶବାଦ ବିରୁଦ୍ଧରେ ସତ୍ୟ, ଅହିଂସା, ପ୍ରେମ ଓ ସର୍ବୋଦୟର ମହତ୍ତମ ଭାବନାରୁ ଉତ୍ପନ୍ନ ଅତୁଳନୀୟ ଶକ୍ତିର ପ୍ରୟୋଗ କରି ଭାରତବର୍ଷକୁ ସ୍ୱରାଜ୍ୟ ଆଣି ଦେଇଥିବା ମହାମାନବ ମହାତ୍ମା ଗାନ୍ଧୀଙ୍କ ଚିନ୍ତା-ଚେତନା କେବଳ ଆମ ଦେଶ ନୁହେଁ, ସମଗ୍ର ବିଶ୍ୱରେ ସ୍ୱତନ୍ତ୍ର ତଥା ସମ୍ମାନୀତ ସ୍ଥାନ ଅଧିକାର କରିଛି। ଗାନ୍ଧିଜୀଙ୍କ ଯୋଗୁ ଓଡିଶାର ବିଭିନ୍ନ ପ୍ରସଙ୍ଗ ସର୍ବଭାରତୀୟ ସ୍ତରରେ ଉତ୍‌ଥାପିତ ହେବା ସମ୍ଭବ ହୋଇପାରିଥିଲା। ସେହି କାରଣରୁ ସେ ଓଡିଶାବାସୀଙ୍କ ହୃଦୟକୁ ବିଜୟକରବା ସହ ଏକ ସ୍ୱତନ୍ତ୍ର ସ୍ଥାନ ଅଧିକାର କରିପାରିଥିଲେ। ସେ ଥିଲେ ପ୍ରଥମ ସର୍ବଭାରତୀୟ ନେତା ଯିଏ ଆନ୍ତରିକତାର ସହିତ ଓଡିଶାର ଦୁଃଖକୁ ହୃଦୟଙ୍ଗମ କରି ସେମାନଙ୍କ ପ୍ରତି ଦରଦ ପ୍ରକଟ କରିଥିଲେ। ୧୯୧୮ ଓ ୧୯୧୯ ମସିହାରେ ଯଥାକ୍ରମେ ଭୟଙ୍କର ମରୁଡି ଓ ବନ୍ୟା ଓଡିଶାର ଲୋକମାନଙ୍କ ମେରୁଦଣ୍ଡକୁ ଧ୍ୱଂସ କରିଦେଇଥିଲା। ଲୋକମାନଙ୍କ ଦୁରବସ୍ଥାକୁ ପରଖିବା ସହିତ କିଛି କରିବା ଥିଲା ତାଙ୍କର ୧୯୨୧ ମାର୍ଚ୍ଚମାସର ଓଡିଶା ଆଗମନର ମୁଖ୍ୟ ଉଦ୍ଦେଶ୍ୟ। ତାଙ୍କର ଓଡିଶା ଆଗମନ ପୂର୍ବରୁ ଗୁଜୁରାଟ ପତ୍ରିକା 'ନବଜୀବନ'ରେ ସେ ଲେଖିଥିଲେ 'ଆମ୍ଭମାନଙ୍କ ମଧ୍ୟରୁ ଅଧିକାଂଶ ବୋଧହୁଏ ଜାଣିନଥିବେ, ଓଡିଶା କେଉଁଠି?' ବିଶ୍ୱକବି ରବିନ୍ଦ୍ରନାଥ ଠାକୁର ତାଙ୍କର ଏକ କବିତା 'ଉତ୍କଳ' ଆଖ୍ୟାନରେ ଓଡିଶାକୁ ପ୍ରସିଦ୍ଧ କରିଛନ୍ତି। ଦୁର୍ଭିକ୍ଷ ସମୟରେ ପୁରୀ ଜିଲ୍ଲାରେ ଲୋକେ ପୋକ ମାଛି ପରି ମୃତ୍ୟୁମୁଖରେ ପଡିଥିବା ସମ୍ବାଦ ପାଇବା ମାତ୍ରେ ଓଡିଶାକୁ ସାହାଯ୍ୟ ଓ ସହାୟତାର ହସ୍ତ ପ୍ରସାରିତ କରି ନିଜର ଅତ୍ୟନ୍ତ ଅନୁଗତ ସହକର୍ମୀ ଠକ୍‌କର ବାପାଙ୍କୁ ଗୁଜୁରାଟ ଲୋକଙ୍କଠାରୁ ୫୦,୦୦୦ଅର୍ଥ ସଂଗୃହିତ କରି ପଠାଇଥିଲେ। ଯାହାଥିଲା ସର୍ବ ଭାରତୀୟ ପ୍ରୀତିର ଏକ ବଳିଷ୍ଠ ଉଦାହରଣ। 'ଓଡିଶାର ଦୁର୍ଭିକ୍ଷ ସମୟରେ ଏହି ରାଜ୍ୟର ଦାରିଦ୍ର୍ୟ କେତେ ମୁଁ ତାହା ଅନୁଭବ କରିଥିଲି। ଚମ୍ପାରଣ ଲୋକଙ୍କ ଭଳି ଅଧିକ ଦରିଦ୍ର ଲୋକ ଆଉ କେଉଁଠାରେ ନଥିବେ ବୋଲି ମୋର ଧାରଣା। ମାତ୍ର ଦାରିଦ୍ର୍ୟରେ ଓଡିଶା ଚମ୍ପାରଣ କୁ ବି ଟପିଯାଇଛି। ଏଠାରେ ଯାହା ଘଟିଛି ତାର ଯଦି ସ୍ଥାୟୀ ନିରାକରଣ ନହୁଏ ଏବଂ ଓଡିଶାର ପୀଡିତ ଲୋକେ ଖାଦ୍ୟ ବିନା ଉପବାସରେ ମୃତ୍ୟୁବରଣ କରନ୍ତି, ତେବେ ଆମେ ସ୍ୱରାଜ୍ୟ ପାଇଲୁକି ନାହିଁ ଏଥିରେ ଫରକ କଣ?। ଯଥାର୍ଥ ସ୍ୱରାଜ୍ୟରେ କୌଣସି ଜଣେ ହେଲେ ଲୋକଙ୍କୁ ବିନା ଦୋଷରେ କିମ୍ବା ତାହାର ଇଚ୍ଛା ବିରୁଦ୍ଧରେ ଭୋକିଲା ରହିବାକୁ ଦିଆଯିବ ନାହିଁ'। ବାପୁଙ୍କର ଏହି ଭାବନା ତାଙ୍କୁ ଜଣେ ସର୍ବଭାରତୀୟ ନେତାର ମର୍ଯ୍ୟାଦା ଦେଇଛି। ଉତ୍କଳରେ ବାସକରି ସେଠାକାର ଲୋକମାନଙ୍କର ସେବା କରିବାକୁ ତାଙ୍କ ମନରେ ଥିବା ଆବେଗକୁ ସେ ବାରମ୍ବାର ପ୍ରକାଶ କରିବା ସହ ସେ ସର୍ବକାଳୀନ, ଉତ୍ସର୍ଗୀକୃତ ନିଃସ୍ୱାର୍ଥପର ସେବକମାନଙ୍କ ଉଦ୍ୟମ ଫଳରେ ଓଡିଶାର ଦୁର୍ଦ୍ଦଶା ହଟାଇବାକୁ ଅହରହ ଉଦ୍ୟମ କରିଥିଲେ। ଜଣେ ସର୍ବଦଳୀୟ ନେତା ଭାବେ ତାଙ୍କ ପରାମର୍ଶ ରେ ତ୍ୟାଗ ତିତିକ୍ଷାର ମୂର୍ତ୍ତିମନ୍ତ ପ୍ରତୀକ ସି.ଏଫ. ଆଣ୍ଡ୍ରୁଜ୍ କିଛିମାସ ଓଡିଶାରେ ଅବସ୍ଥାନ କରି ପଣ୍ଡିତ ଗୋପବନ୍ଧୁ ଦାସଙ୍କ ସହିତ ବନ୍ୟା ପ୍ରପିଡିତ ତଥା ଦରିଦ୍ର ଜନସାଧାରଣଙ୍କୁ ସେବା ପ୍ରଦାନ କରିଥିଲେ। ସେହିପରି ଜୀବରାମଜୀ କଲ୍ୟାଣଜୀ କୋଠାରି ନାମକ ଜଣେ ମହାତ୍ମା ଗାନ୍ଧୀଙ୍କ ପରାମର୍ଶକ୍ରମେ ଏହି କୋଟି କଙ୍କାଳ ମାଟିରେ ନିଜ ଜୀବନକୁ ଉତ୍ସର୍ଗ କରିଥିଲେ। ଓଡିଶାର ପ୍ରଳୟଙ୍କରୀ ବନ୍ୟାକୁ ସୁଦ୍ଧାରିବା ପାଇଁ ମହାତ୍ମା ଗାନ୍ଧୀ ବିଶିଷ୍ଟ ଯନ୍ତ୍ରୀ ବିଶ୍ୱେଶ୍ୱର ରାୟଙ୍କୁ ନିମନ୍ତ୍ରଣ କରିଥିଲେ। ଶ୍ରୀଯୁକ୍ତ ରାୟ ଓଡିଶାରେ ବାର ଦିନ ଅବସ୍ଥାନ କରି ବିଭିନ୍ନ ସ୍ଥାନକୁ ବ୍ୟାପକ ଭାବେ ପରିଦର୍ଶନ ଓ ଅନୁସନ୍ଧାନ କରି ତାଙ୍କର ସୁପାରିସ ପ୍ରଦାନ କରିବା ସହ ତାଙ୍କର ପାରିତୋଷିକ ଗ୍ରହଣ କରିନଥିଲେ। ଏପରିକି ନିଜର ଯାତାୟତ ଖର୍ଚ୍ଚ ମଧ୍ୟ ନେଇନଥିଲେ। ସେ ଦିନ ଗାନ୍ଧୀ କହୁଥିଲେ-"Orissa is the poorest province in India and this can be easily removed if every one uses khadi." ମାତ୍ର ଆଜିର ରାଜନେତାମାନେ ଖଦୀ ପିନ୍ଧିବାକୁ ନାକ ଟେକୁଛନ୍ତି। ଆମ ଦେଶର ପ୍ରଧାନମନ୍ତ୍ରୀ ଆଜି ଲକ୍ଷ ଲକ୍ଷ ଟଙ୍କାର ପୋଷାକ ପିନ୍ଧିବା ସହ ଗରୀବଙ୍କ ପ୍ରତି ଏକପ୍ରକାରର ବିଦ୍ରୁପ କରୁଛନ୍ତି। ମାତ୍ର ନିଜର ଗଳାଫଟା ଭାଷଣରେ ଗାନ୍ଧୀଙ୍କ ଗୁଣ ଗାନ କରୁଥିଲେ ମଧ୍ୟ ତାଙ୍କର କାଣିଚାଏ ଗୁଣକୁ ନିଜ ଜୀବନରେ ପ୍ରତିଫଳନ କରିପାରିନାହାଁନ୍ତି। ଗାନ୍ଧୀ ଏକ ଧାରାରେ ଥିଲେ ଜଣେ ବିଚକ୍ଷଣ ରାଜନୀତିଜ୍ଞ, ମହାନ ସମାଜ ସଂସ୍କାରକ ଏବଂ ଶିକ୍ଷା ସଂସ୍କାରକ। 'ମାଂଚେଷ୍ଟର ଗାଡିଆନ୍' ରେ ରାଜନୀତିଜ୍ଞ ମାନଙ୍କ ମଧ୍ୟରେ ସନ୍ଥ ଓ ସନ୍ଥ ମାନଙ୍କ ମଧ୍ୟରେ ରାଜନୀତିଜ୍ଞ ଭାବେ ଅଭିହିତ ଏହି ମହାମାନବଙ୍କ ସଂପର୍କରେ ଅଧ୍ୟୟନ ପାଇଁ ସର୍ବଭାରତୀୟ ସ୍ତରରେ ଆଠଗୋଟି ଶିକ୍ଷା-ପ୍ରତିଷ୍ଠାନ ସ୍ଥାପିତ ହୋଇଛି। ଏହି ମହା ମନୀଷି ଗାନ୍ଧୀଙ୍କ ଚିନ୍ତାଧାରାକୁ କେନ୍ଦ୍ରକରି ସମଗ୍ର ବିଶ୍ୱରେ ୩୫,୦୦୦ରୁ ଅଧିକ ଗବେଷଣାତ୍ମକ ପୁସ୍ତକ ରଚିତ ହୋଇଛି, ଯାହା ସୂଚିତ କରେ ଯେ ମହାତ୍ମାଗାନ୍ଧୀ କେବଳ ସମଗ୍ର ବିଶ୍ୱର ସର୍ବାଧିକ ଚର୍ଚ୍ଚିତ ନାମ। ସେ ମଧ୍ୟ ଥିଲେ ଜଣେ ଯଥାର୍ଥ ଶିକ୍ଷକ ଓ ଉତ୍କୃଷ୍ଟ ଶିକ୍ଷାବିତ୍। ତାଙ୍କ ମତରେ କେବଳ ପଠନ, ଲିଖନ ଓ ଗଣିତ ଶିକ୍ଷା ଜ୍ଞାନର ପରିସୀମା ନୁହେଁ। ' ସା ବିଦ୍ୟା ଯା ବିମୁକ୍ତୟେ '। ଏହି ପ୍ରାଚୀନ ଆପ୍ତବାକ୍ୟର ଉଦ୍ଧାର କରି ଗାନ୍ଧିଜୀ ଉଲ୍ଲେଖ କରିଥିଲେ ଯେ ମୁକ୍ତିର ଅର୍ଥ କେବଳ ଆଧ୍ୟାତ୍ମିକ ମୁକ୍ତି ନୁହେଁ କି ବିଦ୍ୟାର ଅର୍ଥ କେବଳ ଅଧ୍ୟାତ୍ମିକ ଜ୍ଞାନ ନୁହେଁ। ମାନବର କଲ୍ୟାଣ ଓ ସେବା ପାଇଁ ଆବଶ୍ୟକ, ମାନବକୁ ସକଳ ପ୍ରକାର ଦାସତ୍ୱରୁ ମୁକ୍ତ କରାଇବା ପାଇଁ ଉପଯୋଗୀ ସମସ୍ତ ଜ୍ଞାନର ଉପାର୍ଜନ ହିଁ ପ୍ରକୃତ ଶିକ୍ଷା। **(ହରିଜନ, ୧୦ ମାର୍ଚ୍ଚ ୧୯୪୬)**। ଆମେରିକା ପରି ଛାତ୍ରମାନେ ଯେପରି ନିଜ ନିଜ ପଢାଖର୍ଚ୍ଚ ନିଜେ ବହନ କରି ନିଜର ବିଦ୍ୟାଧ୍ୟୟନକୁ ଜାରି ରଖିପାରିବେ ସେପରି ସ୍ୱାବଲମ୍ବୀ କରାଇବାର ଶିକ୍ଷା ପ୍ରତ୍ୟେକ ଶିକ୍ଷାୟତନରେ ଜରୁରୀ ବୋଲି ସେ ନିଜର ଦୃଢ ମତ ଦେଇଥିଲେ। ନିଜର ମାତୃଭାଷାକୁ ମର୍ଯ୍ୟାଦା ଦେଇ କହିଥିଲେ-"proper teaching of Mother-tongue is the foundation of all education." ମାତୃଭାଷାକୁ ଶିକ୍ଷାର ମାଧ୍ୟମ ରୂପେ ଗ୍ରହଣ କରିବା ପାଇଁ ସେ ସଦା ସର୍ବଦା କହୁଥିଲେ। ତାଙ୍କର ମହାମନ୍ତ୍ର ସମଗ୍ର ନାରୀ ଜାତିକୁ ତେଜୋଦୀପ୍ତା, ସବଳା ଓ ବହ୍ନିକନ୍ୟାରେ ପରିଣତ କରିଥିଲା। ତାଙ୍କ ମତରେ ନିଶାକୁ ସମ୍ପୂର୍ଣ୍ଣ ଭାବେ ବର୍ଜନ କରି ପ୍ରତ୍ୟେକ ରାଜ୍ୟ ଯଦି କର୍ମଚଂଚଳ ହୋଇଉଠେ ଏବଂ ଅନ୍ୟାୟ ବିରୁଦ୍ଧରେ ସ୍ୱର ଉଠାଏ, ତେବେ ଅନଗ୍ରସରତା ଓ ଦାରିଦ୍ର୍ୟ ଆପଣାଛାଏଁ ଦୂରେଇଯିବ। ଗାନ୍ଧୀଙ୍କ ବିଚାରଧାରା, ନିତି ଆଦର୍ଶ, ଧାର୍ମିକ ଚିନ୍ତାଧାରା ତାଙ୍କୁ ଜଣେ ସର୍ବ ଭାରତୀୟ ନେତା ଭାବେ ସମଗ୍ର ବିଶ୍ୱ ଦରବାରରେ ପ୍ରତିଷ୍ଠିତ କରିଛି, ଯାହା ଆମପାଇଁ ଗର୍ବ ଓ ଗୌରବର ବିଷୟ।

# ଚନ୍ଦ୍ରଭାଗା ମାଘମେଳା ନିମନ୍ତେ ପ୍ରସ୍ତୁତି ବୈଠକ

କୋଣାର୍କ (ପିଏନ୍)-ଚଳିତ ବର୍ଷ ମଧ କୋଭିଡ୍ କଟକଣା ମଧ୍ୟରେ ଆସନ୍ତା ଫେବୃୟାରୀ ମାସ ୦୬ ଓ ୦୭ ତାରିଖରେ ଅନୁଷ୍ଠିତ ହେବ ପୁରାଣପ୍ରସିଦ୍ଧ ଚନ୍ଦ୍ରଭାଗା ମାଘମେଳା। ଏଥି ନିମନ୍ତେ ପୁରୀ ଜିଲ୍ଲା ପ୍ରଶାସନ ପକ୍ଷରୁ ଶୁକ୍ରବାର ପୂର୍ବାହ୍ନରେ ସ୍ଥାନିୟ ଯାତ୍ରୀନିବାସ ସମ୍ମିଳନୀ କକ୍ଷରେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଉପଜିଲ୍ଲାପାଳ ଭବତାରଣ ସାହୁଙ୍କ ଅଧକ୍ଷତାରେ ଆୟୋଜିତ ଏହି ବୈଠକରେ ଅତିରିକ୍ତ ଜିଲ୍ଲାପାଳ ସୁବାସ ଚନ୍ଦ୍ର ନାଥଶର୍ମା, ନିବାପଡା ଏସଡିପିଓ ଦେବାଶିଷ ମିଶ୍ର, କୋଣାର୍କ ଏନଏସି କାର୍ଯ୍ୟନିର୍ବାହୀ ଅଧିକାରୀ ଆକୃତି ଗୋୟଙ୍କା, ଗୋପ, ନିମାପଡା, କାକଟପୁର ତହସିଲଦାର ଓ ବିଡିଓଙ୍କ ସମେତ ମେଳାର ବ୍ୟବସ୍ଥା ସହିତ ସମ୍ପୃକ୍ତ ବିଭିନ୍ନ ବିଭାଗୀୟ ଅଧୀକାରୀମାନେ ଉପସ୍ଥିତ ରହି ମାଘମେଳା ସମ୍ପର୍କରେ ବିଶଦ ଆଲୋଚନା କରିଥିଲେ। ଚନ୍ଦ୍ରଭାଗାର ପବିତ୍ର ତୀର୍ଥ ପୁଷ୍କରଣୀରେ ତିନି ଠାକୁର ମାଧିପୁରର ବାବା ତ୍ରିବେଣୀଶ୍ୱର, ସନ୍ଥପୁରର ଐଶାଣେଶ୍ୱର ଓ କୁରୁଜଙ୍ଗର ଦକ୍ଷିଣେଶ୍ୱର ମହାଦେବଙ୍କ ରୀତିନୀତି, ପୂଜା ଓ ଶୋଭାଜାତ୍ରା ନିରାଡମ୍ବର ଭାବେ ସମ୍ପାଦନ କରିବା ପାଇଁ ଗୋପ-କୋଣାର୍କ, ନିମାପଡା, କାକଟପୁର ଓ ଅସ୍ତରଙ୍ଗ ତହସିଲଦାର ଏବଂ ବିଡିଓଙ୍କୁ ଦାୟିତ୍ୱ ଦିଆଯାଇଛି। ଗତବର୍ଷ ଭଳି ଚଳିତ ବର୍ଷ ମଧ୍ୟ କୋଭିଡ କଟକଣା ମଧ୍ୟରେ ଦୁଇଦିନିଆ ଏହି ମେଳା ମାତ୍ର ସ୍ୱଳ୍ପ ସଂଖ୍ୟକ ଶ୍ରଦ୍ଧାଳୁଙ୍କୁ ନେଇ ଆୟୋଜିତ ହେବ। କରୋନା ସଂକ୍ରମଣ ଭୟ ଥିବାରୁ ଜିଲ୍ଲା ପ୍ରଶାସନ ପକ୍ଷରୁ ଚନ୍ଦ୍ରଭାଗା ମେଳା ପଡିଆକୁ ଶ୍ରଦ୍ଧାଳୁ ନଆସିବା ପାଇଁ ବାରଣ କରାଯାଇଛି। ଚଳିତ ବର୍ଷ ବିନା ଭକ୍ତରେ ଶ୍ରୀଜିଉଙ୍କ ସ୍ନାନକାର୍ଯ୍ୟ ସମ୍ପାଦନ କରାଯିବା। କେବଳ ସେବାୟତ, ମେଳା ସହ ଜଡିତ ପ୍ରଶାସନିକ ଅଧିକାରୀ, ସମସ୍ତ ଗଣମାଧ୍ୟମ ପ୍ରତିନିଧି ଏବଂ ସ୍ୱତନ୍ତ୍ର ପାସ ପାଇଥିବା ବ୍ୟକ୍ତିଙ୍କ ବ୍ୟତିତ ଅନ୍ୟ କାହାରିକୁ ମେଳା ପଡିଅକୁ ଛଡାଯିବ ନାହିଁ। ପୂର୍ବବର୍ଷମାନଙ୍କ ପରି ମେଳା ପଡିଆରେ ପାନୀୟ ଜଳ, ପରିମଳ, ସ୍ୱାସ୍ଥ୍ୟ ଚିକିତ୍ସା, ପରିବହନ, ଆଲୋକ, ସୁରକ୍ଷା, ଟ୍ରାଫିକ ଓ ଅପରାଧ ନିୟନ୍ତ୍ରଣ, ଅତ୍ୟାବଶ୍ୟକୀୟ ସାମଗ୍ରୀ ଯୋଗାଣ, ଷଷ୍ଠୀ ରାତିରେ ଚନ୍ଦ୍ରଭାଗା ମେଳାପଡ଼ିଆରେ ସମବେତ ଶ୍ରଦ୍ଧାଳୁଙ୍କ ମନୋରଞ୍ଜନ ପ୍ରଭୃତି ବ୍ୟବସ୍ଥାକୁ ସୁଚାରୁରୂପେ ସମ୍ପାଦନ କରିବା ପାଇଁ ସବୁ ବିଭାଗର ପ୍ରଶାସନିକ ଅଧିକାରୀମାନେ ବୈଠକରେ ସୂଚନା ଦେଇଥିଲେ। ଏହି ପ୍ରସ୍ତୁତି ବୈଠକରେ କୋଣାର୍କର ସମସ୍ତ ଗଣମାଧ୍ୟମର ପ୍ରତିନିଧି ଉପସ୍ଥିତ ରହି ବିଗତବର୍ଷ ମାନଙ୍କରେ ମାଘମେଳାରେ ଦେଖାଦେଇଥିବା ଅବ୍ୟବସ୍ଥା ସମ୍ପର୍କରେ ଅଧିକାରୀମାନଙ୍କୁ ଅବଗତ କରାଇଥିଲେ। ମେଳାପଡ଼ିଆରେ ପ୍ରଶାସନ ଓ ଶ୍ରଦ୍ଧାଳୁ ମାନଙ୍କୁ ସହଯୋଗ କରିବା ପାଇଁ ସମାଜସେବୀ ରାମକୃଷ୍ଣ ମହାନ୍ତିଙ୍କ ନେତୃତ୍ୱରେ ସ୍ୱେଚ୍ଛାସେବୀ ମେଳାପଡ଼ିଆରେ ନିୟୋଜିତ କରିବାପାଇଁ ନିଷ୍ପତ୍ତି ନିଆଯାଇଛି।

# ଶ୍ରୀଶ୍ରୀ ସିଦ୍ଧ ବଳଦେବଜୀଉ ପୂଜାପଣ୍ଡା ନିଯୋଗର ବାର୍ଷିକ ମହୋତ୍ସବ



କେନ୍ଦ୍ରାପଡା (ପିଏନ୍): ପୌଷପୂର୍ଣ୍ଣିମା ଅବସରରେ ତୁଳସୀକ୍ଷେତ୍ରାଧିପତି ଶ୍ରୀଶ୍ରୀ ସିଦ୍ଧ ବଳଦେବଜୀଉଙ୍କ ପୂଜାପଣ୍ଡା ନିଯୋଗର ୨ୟ ବାର୍ଷିକ ମହୋତ୍ସବ ଇଛାପୁରସ୍ଥିତ ଯାତ୍ରୀନିବାସ ପରିସରରେ ଅନୁଷ୍ଠିତ ହୋଇଯାଇଛି। ଏହି ଉପଲକ୍ଷେ ନିଯୋଗର ସଭାପତି ବାବାଜୀ ପତ୍ରୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି ମହୋତ୍ସବରେ ସାଧାରଣ ସମ୍ପାଦକ ପ୍ରମୋଦ କୁମାର କର ବାର୍ଷିକ ବୀବରଣୀ ପାଠ କରିଥିଲେ। ଏଥିରେ ମୁଖ୍ୟ ଅତିଥି ଭାବେ ପଟ୍ଟାମୁଣ୍ଡାଇସ୍ଥିତ ରାଧାରମଣ ମଠର ମଠାଧୀଶ ଅସୀମାନନ୍ଦଜୀ ମହାରାଜ ଯୋଗଦେଇ ଆଜିର ଅବକ୍ଷୟମୁଖୀ ସମାଜରେ ବ୍ରାହ୍ମଣମାନଙ୍କ ଗୁରୁତ୍ୱ ଓ ଭୂମିକା ସମ୍ପର୍କରେ ଆଲୋଚନା କରିଥିଲେ। ଆଜିର ବ୍ରାହ୍ମଣମାନେ ବେଦାଭିମୁଖୀ ନହୋଇ ନିମ୍ନଗାମୀ ହେଉଥିବାରୁ ଏହାକୁ ନେଇ ସେ ଉଦବେଗ ପ୍ରକାଶ କରିଥିଲେ। ନିଯୋଗର ପୂର୍ବତନ ସଭାପତି ନୃସିଂହ ପ୍ରସାଦ ପତ୍ରୀ ଯୋଗଦେଇ ମନ୍ଦିର ସେବାୟତମାନଙ୍କୁ ମାର୍ଗଦର୍ଶନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଧର୍ମଦର୍ଶୀ କର, ମାଧବାନନ୍ଦ ପତ୍ରୀ, ପରୀକ୍ଷିତ କର ପ୍ରମୁଖ ମନ୍ଦିରର ସମସ୍ତ ସେବାୟତ ଏହି ଉତ୍ସବରେ ଉପସ୍ଥିତ ଥିଲେ। ଶେଷରେ ଜ୍ୟୋତିଶଙ୍କର ପତ୍ରୀ ଧନ୍ୟବାଦ ଅର୍ପଣ କରିଥିଲେ।

# ସହଯୋଗର ହାତ ବଢାଇଲେ ସାମାଜିକକର୍ମୀ



ଭୁବନେଶ୍ୱର (ପିଏନ୍): ବୟସ୍ ପାଖାପାଖି ୭୭ ହେବ। ଭଲ ନାଁ ଅନ୍ତର୍ଯ୍ୟାମୀ ସାହୁ। ଶ୍ରୀ ସାହୁଙ୍କ ଘର ନୟାଗଡ଼ ଜିଲ୍ଲା କଣ୍ଟିଲୋ ଗ୍ରାମରେ। ଗଛସାର୍ ନାମରେ ରାଜ୍ୟରେ ସେ ବେଶ୍ ସୁପରିଚିତ। ପରିବେଶ ସୁରକ୍ଷା ପାଇଁ ଅହରହ ଲଢେଇ କରୁଥିବା ଏ ପରିବେଶ ଯୋଦ୍ଧା ଆଗରେ ବୟସ ବି ହାର ମାନିଛି। ଛାତିରେ ଲାଗିଛି ଏକ ମେସିନ୍। ଆଗଭଳି ଶରୀରେ ବଳ ନଥିଲେ ବି ତଥାପି ସେ ହାର୍ ମାନିନାହାଁନ୍ତି। ଏ ବୟସରେ ନିଜ ଘରଦୁଆର ଛାଡ଼ି ସକାଳୁ ସନ୍ଧ୍ୟା ଯାଏଁ ଏ ଗାଁରୁ ସେ ଗାଁକୁ ବୁଲି ଗଛଟିଏ ଲଗାଇବା ହେଉ କି ମଞ୍ଜି ସଂଗ୍ରହ ହେଉ କି ଲୋକଙ୍କୁ ପରିବେଶ ପ୍ରତି ଜାଗ୍ରତ କରାଇବା ହେଉ ଏହା ତାଙ୍କର ନିତିଦିନିଆ କାର୍ଯ୍ୟ। ହାର୍ଟ ଅପରେସନ୍ ଯୋଗୁଁ ଜୋର୍‌ରେ କଥା କହିବାକୁ ଡ଼ାକ୍ତର ବାରଣ କରିଥିବାରୁ ପରିବେଶ ସମ୍ବନ୍ଧୀୟ ଅନୁଭୂତି, ବିଭିନ୍ନ ସମସ୍ୟା, କ୍ଷୟକ୍ଷତି, ଅଗ୍ରଗତି, ଜନସାଧାରଣଙ୍କ ପରିବେଶ ପ୍ରତି କର୍ତ୍ତବ୍ୟ, ଜଙ୍ଗଲ ପୋଡ଼ି ଇତ୍ୟାଦି ସମ୍ପର୍କରେ ବିଭିନ୍ନ ବିଷୟବସ୍ତୁକୁ କିପରି ଅଧିକରୁ ଅଧିକ ଲୋକଙ୍କ ନିକଟରେ ପହଞ୍ଚାଇ ପାରିବେ ସେ ଚିନ୍ତାରେ ପଡ଼ିଯାଇଥିଲେ ଗଛସାର୍। ଏବେ ସେ ଚିନ୍ତା ଦୂର ହୋଇଯାଇଛି। ରାଜଧାନୀ ଭୁବନେଶ୍ୱରର ସାମାଜିକ କର୍ମୀ ତଥା ଜ୍ୟୋତିର୍ବିଦ୍ ପଣ୍ଡିତ ଶ୍ରୀପତି ଆଚାର୍ଯ୍ୟ ଏକ ଅତ୍ୟାଧୁନିକ ଜ୍ଞାନକୌଶଳରେ ନିର୍ମିତ ବ୍ଲୁଟୁଥ୍ ସ୍ପିକର ଗଛସାର୍‌ଙ୍କୁ ପ୍ରଦାନ କରିଛନ୍ତି। ଏହି ଯନ୍ତ୍ରଟିରେ ଭଏସ୍ ରେକର୍ଡ଼ିଂ ସହ ଅନ୍ୟାନ୍ୟ ସୁବିଧା ଉପଲବ୍ଧ ରହିଛି। ଯାହା ଜନସାଧାରଣଙ୍କୁ ସଚେତନତା ସୃଷ୍ଟି କରିବାରେ ବେଶ୍ ସହାୟକ ହୋଇପାରିବ। ଭୁବନେଶ୍ୱର ମାଷ୍ଟର କ୍ୟାଣ୍ଟିନ ଛକଠାରେ ସ୍ଥାପିତ ଘୋଡ଼ା ସମ୍ମୁଖରେ ସାମାଜିକ କର୍ମୀ ସୁଶାନ୍ତ ସାହୁ, ରେଡ୍ ସ୍ୱସ୍ତିକ ସୋସାଇଟି ଓଡ଼ିଶା ଶାଖାର ସମ୍ପାଦକ ଦେବାଶିଷ ପଟ୍ଟନାୟକ, ସାମାଜିକ କର୍ମୀ ପ୍ରିୟବ୍ରତ ପଣ୍ଡାଙ୍କ ଉପସ୍ଥିତିରେ ଗଛସାର୍‌ଙ୍କୁ ଏହି ମେସିନ୍‌ଟି ପ୍ରଦାନ କରାଯାଇଛି। ଏହି ମେସିନ୍‌ଟି ମୋର କାର୍ଯ୍ୟକୁ ଆଉ ଗୋଟିଏ ପାଦ ଆଗକୁ ନେବ ବୋଲି 'ଗଛସାର୍' ଆଶାପ୍ରକଟ କରିବା ସହ ଉପସ୍ଥିତ ସାମାଜିକ କର୍ମୀଙ୍କୁ ସାଧୁବାଦ ଜଣାଇଥିଲେ।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com

ଖେଳ

୨୬ତମ ପ୍ରତିଷ୍ଠା ଦିବସ ଅଭିନନ୍ଦନ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

Bhubaneswar Monday February 05, 2024 ଭୁବନେଶ୍ୱର ସୋମବାର, ଫେବୃଆରୀ ୦୫,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com ୮


## କିଟ୍‌ରେ ଦୁଇଦିନିଆ ଓଡ଼ିଆ କବି ସମ୍ମିଳନୀ ଉଦ୍‌ଘାଟିତ



ଭୁବନେଶ୍ୱର, (ପି,ଏନ): ଫେବୃଆରୀ ୩ତାରିଖରେ ଭୁବନେଶ୍ୱରରେ ପ୍ରଥମ ଓଡ଼ିଆ ଭାଷା ସମ୍ମିଳନୀ ଆରମ୍ଭ ହୋଇଥିବା ବେଳେ ଏହାର ଅଂଶବିଶେଷ ଭାବେ କିଟ୍‌ରେ ୨ ଦିନିଆ ଓଡ଼ିଆ କବି ସମ୍ମିଳନୀ ଆଜି ଉଦ୍‌ଘାଟିତ ହୋଇଯାଇଛି। ଅପରାହ୍ନରେ ଏହାର ସ୍ୱତନ୍ତ୍ର ଅଧିବେଶନରେ ୫ଟି ଅଧକ୍ଷ ଭି. କେ. ପାଣ୍ଡିଆନ ମୁଖ୍ୟ ଅତିଥି ଭାବେ ଯୋଗଦେଇ କହିଲେ ସଂସାରରେ ଜନ୍ମ ନେଉଥିବା ପ୍ରତ୍ୟେକ ବ୍ୟକ୍ତି ଜଣେ ଜଣେ କବି। ଜୀବନର ପ୍ରଥମ କବିତା ହେଉଛି ଶ୍ୱାସ। ବିଭିନ୍ନ ସ୍ତରରେ କାର୍ଯ୍ୟ କରୁଥିବା ପ୍ରତ୍ୟେକ ବ୍ୟକ୍ତି ଜଣେ ଜଣେ କବି। କବିତା ହେଉଛି ଜୀବନର ଅଂଶବିଶେଷ ବୋଲି ସେ କହିଥିଲେ। ମସ୍ତିଷ୍କ ବ୍ୟବହାର କରି ମଣିଷ ବିଭିନ୍ନ କ୍ଷେତ୍ରରେ ଅନେକ କିଛି କାମ କରିପାରିବେ, କିନ୍ତୁ କବିତା ହୃଦୟରୁ ପରିସ୍ଫୁଟ ହୋଇଥାଏ। ଆମେ ସମସ୍ତେ ଯେଉଁ କ୍ଷେତ୍ରରେ କାମ କରୁଛେ, ସେ କ୍ଷେତ୍ରରେ ଆମେ ଜଣେ ଜଣେ କବି। ଏହି ଅବସରରେ ଶ୍ରୀ ପାଣ୍ଡିଆନ୍ ସ୍ୱରଚିତ ଓଡ଼ିଆ କବିତା ପାଠ କରି ସମସ୍ତଙ୍କୁ ମନ୍ତ୍ରମୁଗ୍ଧ କରିଦେଇଥିଲେ। ସ୍ୱାଗତ ଭାଷଣ ଦେଇ କିଟ୍ ଓ କିସ୍ ପ୍ରତିଷ୍ଠାତା ତଥା କନ୍ଧମାଳ ସାଂସଦ ଅଚ୍ୟୁତ ସାମନ୍ତ କହିଲେ, ଭାଷା ହିଁ ଆମ ଅତୀତର ସ୍ଥିତି ଓ ଆମ ଭବିଷ୍ୟତ। ନିଜ ଗୌରବ ସହ ଅନ୍ତରଙ୍ଗତା ସ୍ଥାପନ ପାଇଁ ବିଶ୍ୱ ଓଡ଼ିଆ ସମ୍ମିଳନୀ ଏକ ମହାର୍ଘ ଅବସର। ଏଥିପାଇଁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଦୂରଦୃଷ୍ଟି ଓ ପ୍ରୟାସ ବେଶ ପ୍ରଶଂସନୀୟ ବୋଲି ସେ କହିଥିଲେ। ଓଡ଼ିଆ କବି ସମ୍ମିଳନୀ ଆୟୋଜନ ପାଇଁ ରାଜ୍ୟ ସରକାର କିଟ୍‌କୁ ସୁଯୋଗ ଦେଇଥିବାରୁ ଶ୍ରୀ ସାମନ୍ତ ରାଜ୍ୟ ସରକାର ଓ ମୁଖ୍ୟମନ୍ତ୍ରୀଙ୍କୁ ଧନ୍ୟବାଦ ଜଣାଇଥିଲେ। ଏହି ଅବସରରେ ବର୍ଷିଆନ କବି ପଦ୍ମଶ୍ରୀ ଶ୍ରୀନିବାସ ଉଦ୍‌ଗାତା ସ୍ୱରଚିତ କବିତା ପାଠ କରିଥିଲେ।ପୂର୍ବାହ୍ନରେ ଉଦ୍‌ଘାଟନୀ ଉତ୍ସବରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ରାଜ୍ୟ ଅନୁସୂଚୀତ ଜାତି ଓ ଜନଜାତି ଉନ୍ନୟନ ତଥା ସଂଖ୍ୟାଲଘୁ ଓ ପଛୁଆବର୍ଗ କଲ୍ୟାଣ ଓ ଆଇନ ବିଭାଗ ମନ୍ତ୍ରୀ ଜଗନ୍ନାଥ ସାରକା କହିଲେ, ଓଡ଼ିଆ ଭାଷା ସମ୍ମିଳନୀ ଯୁବଗୋଷ୍ଠୀଙ୍କୁ ଓଡ଼ିଆ ଭାଷାର ବିକାଶ ଦିଗରେ ପ୍ରେରଣା ଯୋଗାଇବ। ପ୍ରତ୍ୟେକ ଓଡ଼ିଆର ଆଦ୍ୟ ପରିଚୟ ଓଡ଼ିଆ ଭାଷା ବୋଲି ସେ କହିଥିଲେ। ଏହି କାର୍ଯ୍ୟକ୍ରମରେ ବିଶିଷ୍ଟ କବି ପଦ୍ମ ବିଭୂଷଣ ସୀତାକାନ୍ତ ମହାପାତ୍ର କହିଲେ, ଓଡ଼ିଆ ଭାଷା ଅନ୍ୟାନ୍ୟ ଭାଷାଠାରୁ ଆଗରେ ରହିଆସିଛି। ମାତୃଭାଷା ପ୍ରତି ସମସ୍ତଙ୍କର ସ୍ନେହ, ଆଦର ଓ ସମ୍ମାନ ରହିବା ଆବଶ୍ୟକ ବୋଲି ସେ କହିଥିଲେ। କବି ପଦ୍ମ ଭୂଷଣ ରମାକାନ୍ତ ରଥ ଓଡ଼ିଆ ଭାଷାର ଯେଉଁ ଗ୍ରନ୍ଥାବଳୀ ଓ ରଚନାବଳୀ ବଜାରରେ ବିଲୁପ୍ତ ସେସବୁର ପୁନଃମୁଦ୍ରଣ କରିବା ନିମନ୍ତେ ପଦକ୍ଷେପ ନେବାକୁ ପରାମର୍ଶ ଦେଇଥିଲେ। ଅନୁବାଦ ସାହିତ୍ୟ ଉପରେ ଗୁରୁତ୍ୱାରୋପ କରି ଅନୁବାଦ ସାହିତ୍ୟକୁ ପ୍ରୋତ୍ସାହନ ଦେଲେ ତାହା ଆମ ଭାଷାର ଭବିଷ୍ୟତ ହୋଇପାରିବ ବୋଲି କବି ଦେବଦାସ ଛୋଟରାୟ କହିଥିଲେ। କବିମାନେ ସବୁବେଳେ ସ୍ପଷ୍ଟବାଦୀ, ନିରବତା ହେଉଛି ସବୁଠାରୁ ବଡ଼ ଭାଷା ବୋଲି ଡ. ପ୍ରସନ୍ନ ପାଟ୍ଟଶାଣୀ ମତବ୍ୟକ୍ତ କରିଥିଲେ। କବି ରାଜେନ୍ଦ୍ର କିଶୋର ପଣ୍ଡା ତାଙ୍କ ଅଭିଭାଷଣରେ ଓଡ଼ିଆ ଭାଷାକୁ ବିଶ୍ୱ ସ୍ତରରେ ପହଞ୍ଚାଇବାକୁ ହେଲେ ପରସ୍ପର ଭାଷ୍ୱିକ ସମନ୍ୱୟ ଉପରେ ଗୁରୁତ୍ୱାରୋପ କରିଥିଲେ। ଓଡ଼ିଆ ଯୁବକଙ୍କ ମଧ୍ୟରେ ଓଡ଼ିଆ ଭାଷା ପ୍ରତି ସ୍ନେହ, ଶ୍ରଦ୍ଧା ଓ ସମ୍ମାନ ସୃଷ୍ଟି ଉଦ୍ଦେଶ୍ୟରେ ପ୍ରତୀକାତ୍ମକ ଭାବେ ପ୍ରତିବର୍ଷ ଏକ ନିର୍ଦ୍ଦିଷ୍ଟ ଦିନକୁ ଓଡ଼ିଆ ଭାଷା ଦିବସ ଭାବେ ପାଳନ କରିବାକୁ ସେ ପରାମର୍ଶ ଦେଇଥିଲେ। କାର୍ଯ୍ୟକ୍ରମରେ କିଟ୍ ବିଶ୍ୱବିଦ୍ୟାଳୟ କୁଳସଚିବ ପ୍ରଫେସର ଜ୍ଞାନ ରଞ୍ଜନ ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ।

### ଠାକୁର ଅନୁକୂଳଚନ୍ଦ୍ରଙ୍କ ୧୩୬ତମ ଆବିର୍ଭାବ ମହୋତ୍ସବ

ଧର୍ମଶାଳା, (ପିଏନ୍): ଧର୍ମଶାଳା ବ୍ଲକ ଜାରକାସ୍ଥିତ ସତସଙ୍ଗ କେନ୍ଦ୍ର ପରିସରରେ ଯୁଗ ପୁରୁଷୋତମ ପରମପ୍ରେମମୟ ଶ୍ରୀ ଶ୍ରୀ ଠାକୁର ଅନୁକୂଲ ଚନ୍ଦ୍ରଙ୍କ ୧୩୬ ତମ ଆବିର୍ଭାବ ମହୋତ୍ସବ ଆଡମ୍ବର ସହକାରେ ପାଳିତ ହୋଇଯାଇଛି । ଶନିବର ପ୍ରାତ ୬ ଘଟିକା ଠାରୁ ଉଷାବିନତୀ ପ୍ରାର୍ଥନା ଓ ସଦଗ୍ରନ୍ଥାଦୀ ପାଠ, ସକାଳ ୯ ଘଟିକା ସମୟରେ ବର୍ଣ୍ଣାଢ୍ୟ ଶୋଭାଯାତ୍ରା ସହ ନଗର କିର୍ତନ ପରିକ୍ରମା କରାଯାଇଥିଲା। ପୁର୍ବାହ୍ନ ସାଡେ ଏଗାରଟା ସମୟରେ ସତସଙ୍ଗ ଓ ସାଧାରଣ ସଭା ଅନୁଷ୍ଠିତ ହୋଇଥିଲା । ରିତିକ ଅଚ୍ୟୁତାନନ୍ଦ ପତିଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସାଧାରଣ ସଭାରେ ରିତିକ କୁମୁଦ ଚନ୍ଦ୍ର ପ୍ରଧାନ, ରିତିକ ଡ. ବିଜୟ କୁମାର ନାୟକ,ରିତିକ ଶ୍ରୀଧର ଚନ୍ଦ୍ର ମିଶ୍ର ପ୍ରମୁଖ ଯୋଗଦେଇ ସାଂପ୍ରତିକ ସମସ୍ୟାର ସମାଧାନରେ ଠାକୁର ଅନୁକୂଳ ଚନ୍ଦ୍ରଙ୍କ ଭାବାଦର୍ଶନ ଉପରେ ଆଲୋକପାତ କରିଥିଲେ । ସତସଙ୍ଗସଙ୍ଗ କେନ୍ଦ୍ରର ସଭାପତି ରାମଚନ୍ଦ୍ର ସାହୁ ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ଦେଇଥିଲେ ।

## ରବି ଲାବଣ୍ୟ ସ୍ମାରକୀ କ୍ରିକେଟ୍, ବୁଢ଼ୀ ଜାଗୁଲାଇ କ୍ଲବ୍ ଚାମ୍ପିଅନ

ଧର୍ମଶାଳା, (ପିଏନ୍): ଧର୍ମଶାଳା ବ୍ଲକ୍ ମିର୍ଜାପୁର ପଂଚାୟତ ଅରଙ୍ଗାବାଦ ଗାଁ ଖେଳ ପଡ଼ିଆରେ ଚାଲିଥିବା ପ୍ରଥମ ବାର୍ଷିକ ରବି ଲାବଣ୍ୟ ସ୍ମାରକୀ କ୍ରିକେଟ୍ ଟୁର୍ଣ୍ଣାମେ ଆଜି ଉଦ୍‌ଯାପିତ ହୋଇଯାଇଛି। ଫାଇନାଲ ଖେଳରେ ଅରଙ୍ଗାବାଦର ଶ୍ୟାମସୁନ୍ଦର ଚ୍ୟାଲେ୍ ୟୁଥ୍ କ୍ଲବ୍‌କୁ ୨୮ରନ୍‌ରେ ପରାସ୍ତ କରି ମିର୍ଜାପୁରର ମା’ ବୁଢ଼ୀ ଜାଗୁଲାଇ କ୍ରିକେଟ୍ ଦଳ ଚାମ୍ପିଅନ ହୋଇଛି । ବୁଢ଼ୀ ଜାଗୁଲାଇ ପ୍ରଥମେ ବ୍ୟାଟିଂ କରି ୧୧.୪ ଓଭରରେ ସମସ୍ତ ଉଇକେଟ୍ ହରାଇ ୮୫ ରନ୍ ସଂଗ୍ରହ କରିଥିଲା। ଜବାବ୍‌ରେ ଶ୍ୟାମସୁନ୍ଦର ୟୁଥ୍ କ୍ଲବ୍ ବ୍ୟାଟିଂ କରି ୧୧.୫ ଓଭରରେ ସମସ୍ତ ଉଇକେଟ୍ ହରାଇ ୫୭ ରନ୍ କରି ପରାଜିତ ହୋଇଥିଲା। ଖେଳକୁ ଶ୍ରୀକାନ୍ତ ଜେନା ଓ ତାରିଣୀ ପ୍ରସାଦ ଦାସ ପରିଚାଳନା କରିଥିଲେ। ଶ୍ୟାମସୁନ୍ଦର ଚ୍ୟାଲେ ୟୁଥ୍ କ୍ରିକେଟ୍ କ୍ଲବ୍ ଆନୁକୁଲ୍ୟରେ ଅନୁଷ୍ଠିତ ଟୁର୍ଣ୍ଣାମେ ର ଉଦ୍‌ଯାପନୀ ଉତ୍ସବରେ ହରିଶଙ୍କର କଲେଜ୍‌ର ଅଧ୍ୟକ୍ଷ ବଳଭଦ୍ର ଦାଶ ମୁଖ୍ୟଅତିଥି ଓ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ପ୍ରଫୁଲ୍ଲ କୁମାର ପଣ୍ଡା ସମ୍ମାନିତ ଅତିଥି ଭାବେ ଯୋଗଦେଇ ଉଭୟ ଦଳର ଅଧିନାୟକଙ୍କୁ ଟ୍ରଫି ପ୍ରଦାନ କରିଥିଲେ। ଯୁବ ସଂଗଠକ ବିବେକାନନ୍ଦ ଦାଶଙ୍କ ସଭାପତିତ୍ୱ କରିଥିଲେ । କର୍ମକର୍ତା ଚିରିବୀ ଜେନା, ପ୍ରଦ୍ୟୁମ୍ନ ପଣ୍ଡା, ତପନ ଦାଶ, ଦେବବ୍ରତ ଦାଶ, ସୁବ୍ରତ ଦାଶ, ମନୋଜ ପଇଡ଼ ପ୍ରମୁଖ ପରିଚାଳନାରେ ସହଯୋଗ କରିଥିଲେ।

## ଓଡ଼ିଆ ଭାଷା ସାହିତ୍ୟ ପ୍ରତିଯୋଗିତା ଉଦ୍‌ଯାପିତ

ଧର୍ମଶାଳା, (ପିଏନ୍): ଧର୍ମଶାଳା ବ୍ଲକ୍ ଉତରପ୍ରତାପ ପଂଚାୟତ ନରସିଂହପୁରସ୍ଥିତ ଶ୍ରୀ ଦଧିବାମନଜିଉ ସଂସ୍କୃତ ମହାବିଦ୍ୟାଳୟରେ ନୂଆ-ଓ’ ଓଡ଼ିଆ ଭାଷା ସାହିତ୍ୟ ପ୍ରତିଯୋଗିତା ଶନିବାର ଉଦ୍‌ଯାପିତ ହୋଇଯାଇଛି । କଲେଜ୍‌ର ଅଧ୍ୟକ୍ଷ ଡ. କୃଷ୍ଣଚନ୍ଦ୍ର ପାତ୍ରଙ୍କ ସଭାପତିତ୍ୱରେ ମୁଖ୍ୟଅତିଥି ଭାବେ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ପଣ୍ଡିତ କାମଦେବ ଶତପଥୀ ଯୋଗଦେଇ ଜଗନ୍ନାଥ ଚେତନା ସମଗ୍ର ବିଶ୍ୱରେ ଶାନ୍ତିମୈତ୍ରୀ ସ୍ଥାପନ କରିପାରିବ ବୋଲି କହିଥିଲେ । ସମ୍ମାନିତ ଅତିଥି ଭାବେ ଅବସରପ୍ରାପ୍ତ ଅଧ୍ୟାପକ ପ୍ରଶାନ୍ତ କୁମାର ସାହୁ ଓ କବି ଡ. ପ୍ରଶାନ୍ତ କୁମାର ସ୍ୱାଇଁ ଯୋଗଦେଇ ଓଡ଼ିଆ ଭାଷା ସାହିତ୍ୟର ମହାନତା ଓ ଜଗନ୍ନାଥ ସଂସ୍କୃତି ସଂପର୍କରେ ଆଲୋଚନା କରିଥିଲେ । ଓଡ଼ିଆ ଅଧ୍ୟାପିକା ସୁଜାତା ଦାସ ଅତିଥି ପରିଚୟ ଓ ପ୍ରାରମ୍ଭିକ ସୂଚନା, ଅଧ୍ୟାପକ ଗିରିଧାରୀ ପଣ୍ଡା ଜଗନ୍ନାଥାଷ୍ଟକଂ ପାଠ ଏବଂ ଛାତ୍ରୀମାନେ ବନ୍ଦେ ଉତ୍କଳ ଜନନୀ ସଂଗୀତ ଗାନ କରିଥିଲେ। ଜଗନ୍ନାଥ ସଂସ୍କୃତିକୁ ନେଇ ହୋଇଥିବା ବକ୍ତୃତା, କବିତା ଲିଖନ, କବିତା ଆବୃତି, ନୃତ୍ୟ, ସଙ୍ଗୀତ, ପ୍ରବନ୍ଧ ଲିଖନ ଆଦି ପ୍ରତିଯୋଗିତାରେ କୃତିତ୍ୱ ହାସଲ କରିଥିବା ଛାତ୍ରଛାତ୍ରୀମାନଙ୍କୁ ଅତିଥିମାନେ ପୁରସ୍କୃତ କରିଥିଲେ । ଅଧ୍ୟାପକ ସୁରେଶ ଚନ୍ଦ୍ର ଲେଙ୍କା, ଗୌରୀଶଙ୍କର ମିଶ୍ର, ଅଧ୍ୟାପିକା ମନ୍ଦାକିନୀ ରାଉତ, ଅଣଶିକ୍ଷକ କର୍ମଚାରୀ ପ୍ରଶାନ୍ତ କୁମାର ପଣ୍ଡା, ହେମନ୍ତ କୁମାର ଦାସ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥଇଲେ । ଅଧ୍ୟାପିକା ପ୍ରମିଳା ଦାସ ଧନ୍ୟବାଦ ଦେଇଥିଲେ ।

## ବିଜେପିର ମିଶ୍ରଣ ପର୍ବ ଲୋକ ଦେଖାଣିଆ, କାଁଭାଁ ପ୍ରାକ୍ତନ କର୍ମୀଙ୍କୁ ଦଳରେ ସାମିଲ, ବୁଦ୍ଧିଜୀବୀ କହିଲେ ମିଶ୍ରଣରେ ପଡିବନି ପ୍ରଭାବ ନେଇ ଚର୍ଚ୍ଚା

କୋଣାର୍କ ,(ପି.ଏନ): କୋଣାର୍କ ଥାନା ଅଧିନସ୍ଥ କୁରୁଜଙ୍ଗ ଗ୍ରାମପଞ୍ଚାୟତର ବାଲିଦୋକାନ ଠାରେ ବିଜେଡ଼ି ପକ୍ଷରୁ ଆୟୋଜିତ ମିଶ୍ରଣ ପର୍ବରେ ପ୍ରାକ୍ତନ ବିଜେପି ମଣ୍ଡଳ ସଭାପତି, ତାଙ୍କର ପୁଅ ଆଉ ଦୁଇ ଚାରି ଜଣ କର୍ମୀଙ୍କୁ ଦଳରେ ସାମିଲ ଘଟଣା ବୁଦ୍ଧିଜୀବୀ ମହଲରେ ଲୋକଦେଖାଣିଆ ଓ ପୂର୍ବତନ ବିଧାୟକ ବାହା ବାହା ନେବା ପାଇଁ ଉଦ୍ଦିଷ୍ଟ ବୋଲି ଭୋଟର ଓ ବୁଦ୍ଧିଜୀବୀ ମହଲରେ ଆଲୋଚ୍ନା ହେଉଛି। ଖବରରୁ ପ୍ରକାଶ ଯେ ଭାରତର ପ୍ରଧାନମନ୍ତ୍ରୀ ମନ୍ତ୍ରୀ ଶ୍ରୀ ମୋଦୀ ଜୀ ବୁଥ ସ୍ତରୀୟ ସଂଗଠନକୁ ସୁଦୃଢ଼ କରିବା ପାଇଁ ନିର୍ବାଚ୍ନ ମଣ୍ଡଳୀ ଦାୟିତ୍ୱରେ ଥିବା ପୁରୁଖା ନେତା ମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ମାତ୍ର କାକଟପୁର ନିର୍ବାଚ୍ନ ମଣ୍ଡଳୀରେ ବିଜେପିର ସ୍ଥାନୀୟ ନେତୃତ୍ୱ ସଂକଟ ଦଳ ପାଇଁ ମୁଣ୍ଡବ୍ୟଥାର କାରଣ ପାଲଟିଛି। ଏହି ନିର୍ବାଚ୍ନମଣ୍ଡଳୀରେ ନିମାପଡ଼ା ପୂର୍ବତନ ବିଧାୟକ ବାଇଧର ମଲ୍ଲିକ ଓ ବରିଷ୍ଠ ଚ୍କ୍ଷୁ ଚ୍କିତ୍ସା ସହାୟକ ତଥା ପୁରୀ ଜିଲ୍ଲା କୈବର୍ତ୍ତ ମହାସଂଘର ସଭାପତି ଜୟନ୍ତ କୁମାର ବେହେରା କାକଟପୁର ନିର୍ବାଚ୍ନ ମଣ୍ଡଳୀରେ ସଂଗଠନ ସଜାଡ଼ିବାରେ ଲାଗି ପଡ଼ିଛନ୍ତି। ଆଜିର ମିଶ୍ରଣ ପର୍ବରେ କାକଟପୁର ନିର୍ବାଚ୍ନ ମଣ୍ଡଳୀର ତିନି ଗୋଟି ବ୍ଲକରୁ ୨୦୦ରୁ ଉର୍ଦ୍ଧ୍ୱ ମହିଳା ଗୋଷ୍ଠୀ ସଦସ୍ୟ ଓ କାଁଭାଁ ବିଜେପି କର୍ମୀ ସାମିଲ ହୋଇଥିଲେ। ଏହି ଘଟଣାରୁ ପ୍ରତୀୟମାନ ହେଉଛି କାକଟପୁର ନିର୍ବାଚ୍ନ ମଣ୍ଡଳୀର ଭୋଟର ନିଜ ଘରୋଇ ନିର୍ବାଚ୍ନ ମଣ୍ଡଳୀର ନେତୃତ୍ୱକୁ ଅଧିକ ଗୁରୁତ୍ୱ ଦେଉଛନ୍ତି ବୋଲି ସାଧାରଣରେ ଚ୍ର୍ଚ୍ଚା ଜୋର ଧରିଛି। ଏଭଳି ଲୋକ ଦେଖାଣିଆ ମିଶ୍ରଣ ପର୍ବ ବିଜେପି ସଂଗଠନକୁ ସୁଦୃଢ଼ କରିବା ପାଇଁ ନିର୍ବାଚ୍ନ ମଣ୍ଡଳୀରେ ପଡୋଶୀ ନିର୍ବାଚ୍ନ ମଣ୍ଡଳୀର ନେତାଙ୍କ ପତିଆରା ଉପର ମହଲାରେ ବଢାଇବା ପାଇଁ ଏକ ପ୍ରୟାସ ଛଡା ଆଉ କିଛି ନୁହେଁ ବୋଲି ବୁଦ୍ଧିଜୀବି ଓ ଭୋଟର ମାନଙ୍କ ମହଲରେ ଆଲୋଚ୍ନା ହେଉଛି। କାକଟପୁର ନିର୍ବାଚ୍ନ ମଣ୍ଡଳୀରେ ଜଣେ ନବାଗତ ନେତାଙ୍କୁ କାକଟପୁର ନିର୍ବାଚ୍ନ ମଣ୍ଡଳୀରେ ବିଧାୟକ ପ୍ରାର୍ଥୀ ଭାବେ ବିଜେପି ରାଜ୍ୟ ନେତୃତ୍ୱ ଓ କେନ୍ଦ୍ର ନେତୃତ୍ୱ ଦୃଷ୍ଟି ଦେଇ ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବା ପାଇଁ ପୁରୁଖା ବିଜେପି କର୍ମୀ, ବୁଦ୍ଧିଜୀବୀ ଓ ଭୋଟର ମାନଙ୍କ ମହଲରେ ଦାବି କରାଯାଇଛି।

## ସୁଜିତ୍ ମେମୋରିଆଲ୍ କ୍ରିକେଟ୍ ଟୁର୍ଣାମେଂଟ, ଜାରକା ଚାମ୍ପିଅନ

ଧର୍ମଶାଳା, (ପିଏନ୍): ଧର୍ମଶାଳା ବ୍ଲକ ଚହଟା ଗ୍ରାମ ବ୍ଲୁ ହେଭେନ୍ କ୍ଲବ ଆନୁକୂଲ୍ୟରେ ଅନୁଷ୍ଠିତ ୧୫ତମ ସୁଜିତ୍ ମେମୋରିଆଲ୍ କ୍ରିକେଟ୍ ଟୁର୍ଣାମେଂଟ ଆଜି ଉଦଯାପିତ ହୋଇଯାଇଛି ।। ଅନୁଷ୍ଠିତ ଫାଇନାଲ୍ ମ୍ୟାଚରେ୍ ସି.ଓ୍ୱାଇ.ସି, ଚୋରମୁହାଁକୁ ପରାସ୍ତ କରିଏମ୍.ଏ.ସି.ସି, ଜାରକା ଚମ୍ପିଅନ ହୋଇଛି ।। ପ୍ରଥମେ ଟସ୍ ଜିତି ଚୋରମୁହାଁ ଦଳ ନିର୍ଦ୍ଧାରିତ ୧୮ ଓଭରରେ ତାର ବ୍ୟକ୍ତିଗତ ୮ ଗୋଟି ଓ୍ୱିକେଟ୍ ହରାଇ ୧୩୨ ରନ୍ ସଂଗ୍ରହ କରିଥିଲା । ଜବାବରେ ଜାରକା ଟିମ ବ୍ୟାଟିଂ କରି ୧୨.୨ ଓଭରେର ୬ ଓ୍ୱିକେଟ୍ ହରାଇ ୧୩୩ ରନ୍ କରି ଚଳିତ ବର୍ଷ ଚାମ୍ପିଆନ ହୋଇଛି । ଫାଇନାଲ୍ ମ୍ୟାଚକୁ ଉତମ ଓ ଜଗନ ପରିଚାଳନା କରିଥିଲେ । ଆୟୋଜିତ ଉଦଯାପନୀ ଉତ୍ସବରେ ମୁଖ୍ୟ ଅତିଥି ଭାବେ ଧର୍ମଶାଳାର ବିଧାୟକ ପ୍ରଣବ କୁମାର ବଳବନ୍ତରାୟ, ସମ୍ମାନିତ ଅତିଥି ଭାବେ ଧର୍ମଶାଳା ପଂଚାୟତ ସମିତି ଅଧକ୍ଷ ପ୍ରଭାତ କୁମାର ବଳବନ୍ତରାୟ ଓ ଧର୍ମଶାଳା ଜିଲ୍ଲାପରିଷଦ ସଭ୍ୟ ଜଳଧର ମହାନ୍ତି, ପୁର୍ବତନ ଜିଲ୍ଲାପରିଷଦ ନିରଜଂନ ରାଉତ, ସ୍ଥାନୀୟ ସରପଂଚ ଏବଂ ଚୋରମୁହାଁ ପଂଚାୟତର ସରପଂଚ ପ୍ରଦ୍ୱିମ୍ନ କୁମାର ମହାନ୍ତି ଅତିଥି ରୂପେ ଯୋଗଦେଇ ଗ୍ରାମାଂଚଳରେ କ୍ରିକେଟ ଖେଳ ବହୁଳ ଭାବେ ଆଦୃତ ହେଉଥିବାରୁ ପଡିଆର ଆବଶ୍ୟକତା ଉପରେ ଆଲୋକପାତ କରିଥିଲେ । ବିଧାୟକ ଶ୍ରୀ ବଳବନ୍ତରାୟ ଚମ୍ପିଅନ ଓ ରନର୍ସଅପ ଦଳକୁ ଟ୍ରଫି ପ୍ରଦାନ କରିଥିଲେ । ଆୟୋଜକ କ୍ଲବର ସଭାପତି ପର୍ଶୁରାମ ମହାନ୍ତି ଅତିଥିମାନଙ୍କୁ କୃତଜ୍ଞତା ଜଣାଇବା ସହ ଧନ୍ୟବାଦ ଦେଇଥିଲେ।

## ପାରାଦୀପ ଗଲ୍ଫ କ୍ଲବ ପକ୍ଷରୁ ୨୩ ତମ ଆମନ୍ତ୍ରଣ କପ ଗଲ୍ଫ ଟୁର୍ଣ୍ଣାମେଣ୍ଟ ଆୟୋଜିତ




ପାରାଦୀପ ,(ପି.ଏନ): ପାରାଦୀପ ଗଲ୍ଫ କ୍ଲବ ପକ୍ଷରୁ ୨୩ ତମ ଆମନ୍ତ୍ରଣ କପ ଗଲ୍ଫ ଟୁର୍ନାମେଣ୍ଟ-୨୦୨୪ ପାରାଦୀପ ବନ୍ଦର ର ଗଲ୍ଫ ପଡିଆରେ ସଫଳତାର ସହ ଅନୁଷ୍ଠିତ ହୋଇଯାଇଛି । ଫେବୃଆରୀ ୩ ରୁ ୪ ତାରିଖ ପର୍ଯ୍ୟନ୍ତ ଦୁଇଦିନ ଧରି ଚ୍ଲିଥିବା ଏହି ଟୁର୍ନାମେଣ୍ଟ କୁ ପାରାଦୀପ ଗଲ୍ଫ କ୍ଲବ ଏବଂ ପାରାଦୀପ ବନ୍ଦର କ୍ରୀଡା ପରିଷଦ ମିଳିତ ସହଯୋଗରେ ଆୟୋଜିତ ହୋଇଥିଲା । ରବିବାର ଦିନ ଉଦଯାପନୀ ଦିବସରେ ପାରାଦୀପ ବନ୍ଦର ଅଧକ୍ଷ ପି.ଏଲ. ହରନାଦ ମୁଖ୍ୟ ଅତିଥି ଭାବେ ଯୋଗଦେଇ କୃତି ଖେଳାଳି ମାନଙ୍କୁ ପୁରସ୍କାର ବିତରଣ କରିଥିଲେ । ଏହି ଅବସରରେ ଅନ୍ୟମାନଙ୍କ ମଧ୍ୟରେ ବନ୍ଦର ଉପାଧ୍ୟକ୍ଷ ନୀଳାଭ୍ର ଦାସଗୁପ୍ତା, ଟ୍ରାଫିକ ଉପଦେଷ୍ଟା ଏ.କେ.ବୋଷ, ବନ୍ଦର ମୁଖ୍ୟ ଅର୍ଥ ପରାମର୍ଶଦାତା ତଥା ଗୋପବନ୍ଧୁ କ୍ରୀଡା ସଂସଦ (ଜିକେଏସ) ସଭାପତି ଡି.ଏନ.ସୋଢ଼ି ପ୍ରମୁଖ ଉପସ୍ଥିତ ଥିଲେ । ଏ ଏହି ଟୁର୍ନାମେଣ୍ଟ ରେ ୦-୧୦ ହାଣ୍ଡିକାପ ବର୍ଗରେ ୧୨୦ ଟିଏ ବାଟାଲିୟନ ର ଭୂନେଶ୍ୱର ଓରାନ ଚ୍ମ୍ପିୟନ ହୋଇଥିବା ବେଳେ, ୧୧-୧୮ ହାଣ୍ଡିକାପ ରେ ପାରାଦୀପ ଗଲ୍ଫ କ୍ଲବ ର ହରିହର ଦାଶ ଏବଂ ୧୯-୨୪ ହାଣ୍ଡିକାପ ରେ ଡା. ଦେବଦର୍ଶି ରଥ ଚ୍ମ୍ପିୟନ ହୋଇଥିଲେ । ସେହିପରି ମହିଳା ବର୍ଗରେ ଭୁବନେଶ୍ୱର ଗଲ୍ଫ କ୍ଲବର ଶ୍ରୀମତୀ ରାଜଶ୍ରୀ ଛୋଟରାୟ ଚ୍ମ୍ପିୟନ ହୋଇଥିଲେ । ଏହି ଟୁର୍ନାମେଣ୍ଟ କୁ ପାରାଦୀପ ଗଲ୍ଫ କ୍ଲବ ର କାର୍ଯ୍ୟକାରୀ ସଭାପତି ବବଲୁ ସିକଦାର, ସମ୍ପାଦକ ମନୋଜ କୁମାର ମହନ୍ତ, ପାରାଦୀପ ଗଲ୍ଫ କ୍ଲବ ର କ୍ୟାପଟେନ ଏ.ସି. ସୁତାର ଏବଂ ଜିକେଏସ ସମ୍ପାଦକ ରଞ୍ଜନ ରଶ୍ମି ବେଉରା ସଫଳତାର ସହିତ ପରିଚ୍ଳନା କରିଥିଲେ । ଏହି ପ୍ରତିଯୋଗିତା ରେ ଦେଶର ବିଭିନ୍ନ ପ୍ରାନ୍ତରୁ ୭ ଟି ଅଗ୍ରଣୀ ଗଲ୍ଫ କ୍ଲବର ୭୪ ଜଣ ଗଲ୍ଫ ଖେଳାଳି ଅଂଶଗ୍ରହଣ କରିଥିଲେ କ୍ଷ ଟୁର୍ନାମେଣ୍ଟ ର ଉଦଯାପନୀ ସମାରୋହରେ ମୁଖ୍ୟ ଅତିଥି ବନ୍ଦର ଅଧକ୍ଷ ଶ୍ରୀ ହରନାଦ ପାରାଦୀପ ଗଲ୍ଫ କ୍ଲବ ର ଏକ ସ୍ମରଣିକା ପୁସ୍ତିକା ଉନ୍‌ମୋଚ୍ନ କରିଥିଲେ ।


ADMISSION OPEN

MAHARISHI PLAY SCHOOL

A Great Place to Grow @ mps

PLAY GROUP (2+)

NURSERY (3+)

LKG, UKG, STD-I TO V

25% reservation as per RTE Act (2009)



FIND THE DIFFERENCE

- Surveillance through CCTV Camera
- Small Classes
- Congenial Environment
- Intimate, Safe & Secured Place
- Experienced & loving teachers
- Individual attention to each child
- Spacious Playground
- AC Activity Room
- Transport Facilities

TUITION CLASSES for Std I to Std V

Timing: 5 PM to 6.30 PM

MAHARISHI PUBLIC SCHOOL

N4-F/24, IRC Village, Nayapalli, Bhubaneswar, Phone: 0674-2558884,2550786

E-mail: maharishipublic13@gmail.com

25% Seats reserved in Std. 1 under RTE Act



Printed & Published by Budhadev Mohapatra on behaöf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Puböished at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ

EDITOR : Dr. Pabitra Mohan Samantaray